୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK — ପର୍ଯ୍ୟବେକ୍ଷକ

Vol.27. No.86 Bhubaneswar Monday May 12 2025 | ୨୭ତମ ବର୍ଷ ସଂଖ୍ୟା-୮୬ ଭୁବନେଶ୍ୱର, ସୋମବାର, ମଇ ୧୨, ୨୦୨୫ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ଗାଁରେ ନାହିଁ ପାନୀୟ ଜଳର ସୁବିଧା, ଆଜି ବି ଅନ୍ଧାରରେ ଜୀବନ କାଟୁଛନ୍ତି ଉପାନ୍ତବାସୀ



ଭୁବନେଶ୍ୱର,୧୧।୫(ପି.ଏନ): ଆଜି ବି ମୌଳିକ ସୁବିଧା ସୁଯୋଗରୁ ବଞ୍ଚିତ ଉପାନ୍ତବାସୀ । ପିଇବା ପାଇଁ ବିଶୁଦ୍ଧ ଜଳ ତ ଦୂରର କଥା ନଦୀ ପାଣି ଉପରେ ନିର୍ଭର କରୁଛନ୍ତି ଲୋକେ । ରାତିରେ ଅନ୍ଧାରି ଜୀବନ ବିତାଉଛନ୍ତି । ସମସ୍ୟା ପ୍ରତି ଜିଲ୍ଲା ପ୍ରଶାସନ ଦୃଷ୍ଟି ଦେଉନଥିବା ଅଭିଯୋଗ ।ବିକାଶ ପାଲଟିଛି ସାତସପନ । ମୌଳିକ ସୁବିଧା ସୁଯୋଗରୁ ବଞ୍ଚିତ ଉପାନ୍ତବାସୀ । ଦାରିଙ୍ଗବାଡ଼ି ବ୍ଲକ ସରାମୁଳି ପଞ୍ଚାୟତ ଅନ୍ତର୍ଗତ ଗାନ୍ଧୁରି ଗାଁ । ଏଠାରେ ୨୦ରୁ ଅଧିକ ପରିବାର ବସବାସ କରୁଛନ୍ତି । ହେଲେ ଦୁଃଖର ବିଷୟ ଏଠାରେ ଆଜି ପର୍ଯ୍ୟନ୍ତ ପହଞ୍ଚି ପାରିନି ମୌଳିକ ସୁବିଧା ସୁଯୋଗ । ଗାଁରେ ପାନୀୟ ଜଳ ସୁବିଧା ନଥିବାରୁ ଲୋକେ ନଦୀ ପାଣି ଆଣି ବ୍ୟବହାର କରୁଛନ୍ତି । ବିଦ୍ୟୁତ ସେବା ତ ନକହିବା ଭଲ, ଲାଇଟ ଦେଖିବା ଯେପରି ଏମାନଙ୍କ ପାଇଁ ସାତସପନ ପାଲଟିଛି । ଖାଲି ଏତିକି ନୁହେଁ ଗାଁରେ ଅଙ୍ଗନବାଡି କେନ୍ଦ୍ର ଟିଏ ନଥିବାରୁ ୪କିଲୋମିଟର ପାହାଡି ଅଙ୍କାବଙ୍କା ରାସ୍ତା ଦେଇ ପାଠପଢିବାକୁ ଯାଉଛନ୍ତି କୋମଳମତି ପିଲା ।ଗାଁରେ ଥିବା ସମସ୍ୟାର ସମାଧାନ ପାଇଁ ବ୍ଲକ ପ୍ରଶାସନ ଠାରୁ ଆରମ୍ଭ କରି ଜିଲ୍ଲା ପ୍ରଶାସନ ନିକଟକୁ ଗୋଡି ଗୋଡି ନୟାନ୍ତ ହେଲେଣି ଲୋକେ । ହେଲେ ଖାଲି ପ୍ରତିଶ୍ରୁତି ମିଳିଥିବା ବେଳେ ଫଳ ଶୂନ । ଏଣୁ ଅତିଶୀଘ୍ର ଗାଁକୁ ସମସ୍ତ ସୁବିଧା ସୁଯୋଗ ଯୋଗେଇ ଦେବାକୁ ସରକାରଙ୍କ ନିକଟରେ ଗୁହାରି କରିଛନ୍ତି ଗ୍ରାମବାସୀ । ଏନେଇ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କୁ ପଚାରିବାରୁ ସେ କ୍ୟାମେରା ସମ୍ମୁଖରେ କିଛି ନକହି ତୁରନ୍ତ ପାଣି ସମସ୍ୟା ଓ ବିଦ୍ୟୁତ ସମସ୍ୟା ଦୂର ହେବ ବୋଲି କହିଛନ୍ତି ।

## ରାୟଗଡାରେ ପଥର ମାଫିଆଙ୍କ ରାଜ: ବନ୍ଦ ପଡିଥିବା ୨୮ଟି ଖଣି ଖାଦାନରୁ ବେଧଡକ ଲୁଟ୍

ଭୁବନେଶ୍ୱର,୧୧।୫(ପି.ଏନ): ସକ୍ରିୟ ପଥର ମାଫିଆ । ବେଧଡକ ଭାବେ ଲୁଟିନେଉଛନ୍ତି ପଥର । ରାୟଗଡାରେ ନିଲାମ ଅବଧି ସରିଯାଇଥିବା ଖଣି ଖାଦାନରୁ ଲୁଟ୍ । ଚୋରା ଚାଲାଣରେ ବ୍ରେକ୍ ଲଗାଇବାରେ ଅସମର୍ଥ ବିଭାଗ । ଯାହା ଫଳରେ ଖଣି ମାଫିଆ ମାଲାମାଲ ହେଉଥିବା ବେଳେ କୋଟିକୋଟି ଟଙ୍କାର ରାଜସ୍ୱ ହରାଉଛନ୍ତି ସରକାର ।ମାତିଛନ୍ତି ପଥର ମାଫିଆ । ବେଧଡକ ଲୁଟିନେଉଛନ୍ତି ପଥର । ଚୋରାଚାଲାଣରେ ବ୍ରେକ ଲଗାଇବାରେ ଅସମର୍ଥ ବିଭାଗ । ଏବେ ପଥର ମାଫିଆଙ୍କ ଚାରଣଭୂମି ପାଲଟିଛି ରାୟଗଡା ଜିଲ୍ଲା । ସରକାରଙ୍କ ସବୁ ନିୟମକୁ ଫୁ କରି ବନ୍ଦ ପଡିଥିବା ୨୮ଟି ପଥର ଖାଦାନରୁ ବେଆଇନ ଭାବେ ପଥର ଲୁଟିନେଉଛନ୍ତି ମାଫିଆ । ରାତିରେ ବ୍ଲାଷ୍ଟିଂ କରି ଟିପ୍ପର ଯୋଗେ ଚୋରା ଚାଲାଣ କରାଯାଉଛି । ନିଲାମ ଅବଧି ସରିଯାଇଥିବା ଖଣି ଖାଦାନରୁ ପୁନର୍ବାର ନିଲାମ ନକରି ନିଲାମକାରୀଙ୍କ ସହ ମିଳିମିଶି ବିଭାଗୀୟ ଅଧିକାରୀ ପଥର ଲୁଟିନେଉଥିବା ଅଭିଯୋଗ ।ଖଣି ଅଧିକାରୀଙ୍କ କାର୍ଯ୍ୟାଳୟରୁ ମିଳିଥିବା ସୂଚନା ଅନୁସାରେ ରାୟଗଡା ଜିଲ୍ଲାରେ ସମୁଦାୟ ୮୮ ଟି ପଥର ଖାଦାନ ରହିଥିବା ବେଳେ ସେଥିମଧ୍ୟରୁ ୬୦ଟି ପଥର ଖାଦାନ ଚାଲୁଛି । ବାକି ୨୮ଟି ବନ୍ଦ ରହିଛି । ପଥର ଖାଦାନ ଯେତେବେଳେ ତହସିଲ ଅଧୀନରେ ଥିଲା ସେତେବେଳେ ଅଧିକ ପରିମାଣର ରାଜସ୍ୱ ଆଦାୟ ହୋଇଥିଲା । ୨୦୨୨-୨୩ରେ ୩ କୋଟି ୫୩ ଲକ୍ଷ ୭୯ ହଜାର ୪୧୫ଟଙ୍କା ଓ ୨୦୨୩-୨୪ରେ ୪ କୋଟି ୪୭ ଲକ୍ଷ ୯୦ ହଜାର ୬୮ ଟଙ୍କା ରାଜସ୍ୱ ଆଦାୟ ହୋଇଥିଲା । କିନ୍ତୁ ୨୦୨୩-୨୪ ମସିହା ଜୁନ ମାସରେ ପଥର ଖାଦାନ ଗୁଡିକ ତହସିଲ କାର୍ଯ୍ୟାଳୟ ଅଧିନରୁ ଖଣି ଅଧିକାରୀଙ୍କ ଅଧିନକୁ ଆସିବା ପରେ ରାଜସ୍ୱ ପରିମାଣ କମିଯାଇଛି । ଏପଟେ ଖଣି ଅଧିକାରୀ କହିଛନ୍ତି, ଆମ ଅଧୀନରେ ଥିବା ସମସ୍ତ କୁଆଁରୀ ଅବଧି ସରିନାହିଁ । ଏଠି ପ୍ରଶ୍ନ ଉଠୁଛି- ପଥର ଖାଦାନାରେ ବେଧଡ଼କ ଲୁଟ ଚାଲିଥିଲେ ବି ବିଭାଗୀୟ ଅଧିକାରୀ ଚୁପ କାହିଁକି ? ନା ପଥର ମାଫିଆ ଓ ବିଭାଗୀୟ ଅଧିକାରୀଙ୍କ ମଧୁଚନ୍ଦ୍ରିକାରେ ଚାଲିଛି ଚୋରା ଚାଲାଣ ।

## ୱାକଫ ବିଲକୁ ନେଇ ବିଜେଡିକୁ ଟାର୍ଗେଟ କଲେ ଭକ୍ତ ଦାସ



ଭବାନୀପାଟଣା,୧୧।୫(ପି.ଏନ):: କଳାହାଣ୍ଡି ଭବାନୀପାଟଣା ସ୍ଥିତ ଆଗ୍ରସେନ ଭବନରେ ଆୟୋଜିତ ରାଜବ ଗାନ୍ଧୀ ପଂଚାୟତି ରାଜ ସଂଗଠନ ଦ୍ୱାରା ଆୟୋଜିତ ସର୍ବୋଦୟ ସଂକଳ୍ପ ଶିବିର କାର୍ଯ୍ୟକ୍ରମ ରେ ଯୋଗଦେବା ପାଇଁ ଆସି ୱାକଫ ବିଲକୁ ନେଇ ବିଜେଡିରେ ଚାଲିଥିବା ଘମାସାନ କୁ ନେଇ ଓଡିଶା ପ୍ରଦେଶ କଂଗ୍ରେସ କମିଟି ସଭାପତି ଭକ୍ତ ଚରଣ ଦାସ ବିଜେଡି କୁ ଟାର୍ଗେଟ କରିଛନ୍ତି । ବିଜୁ ଜନତା ଦଳ ବିଜେପି ପାଖରେ ନିଜ ଅସ୍ତିତ୍ୱ ହରାଇଛି ବୋଲି କହିଛନ୍ତି । ବିଜେଡିର ବିଚାରଧାରା କିଛି ନହିଁ ବିଜେପି ପାଖରେ ଭିତିରିଆ ଚୁକ୍ତି କରିଛି । ଆଗାମୀ ଦିନରେ ବିଜେପିରେ ମିଶି ଜିବ ବୋଲି କହିଛନ୍ତି । ଓଡିଶା ରେ ବିଜେଡି ମୁଖ୍ୟ ବିରୋଧୀ ଦଳ କିନ୍ତୁ ବିରୋଧୀ ଦଳ ଭୂମିକା ବିଜେଡି ନିର୍ବାହ କରୁ ନହିଁ ବିଜେପି ର ସବୁ ବିଲ କୁ ସମର୍ଥନ କରୁଛି । ଦରଦାମ ବୃଦ୍ଧି ଠରୁ ଆରମ୍ଭ କରି ସବୁ କ୍ଷେତ୍ରରେ ବିଜେଡି ବିଜେପିକୁ କେବେ ବିରୋଧ କରୁ ନହିଁ । ତାଙ୍କ ସହିତ ଭିତିରିଆ ବୁଝାମଣା ହୋଇଛି । ବିଜେଡି ବିଜେପି ସହିତ ମିଶିଯିବ ଏବଂ ନବୀନ ପେଟଟନାୟକ ମୁଖ୍ୟମନ୍ତ୍ରୀ ହେବେ ବୋଲି କହିବା ସହିତ କଂଗ୍ରେସ ବିରୋଧୀ ଦଳ ଭୂମିକା ନିର୍ବାହ କରୁଛି ବୋଲି ଭକ୍ତ ଚରଣ ଦାସ କହିଛନ୍ତି ।

## ରାଜଧାନୀ ସମେତ ରାଜ୍ୟର ବିଭିନ୍ନ ସ୍ଥାନରେ ତାଣ୍ଡବ ରଚିଲା କାଳବୈଶାଖୀ

ଭୁବନେଶ୍ୱର,୧୧।୫(ପି.ଏନ): ରାଜ୍ୟରେ ଆଜି କାଳବୈଶାଖୀ ବର୍ଷା ଜାରି ରହିଛି । ରାଜଧାନୀ ଭୁବନେଶ୍ୱରରେ ଲଗାଣ ବର୍ଷା ଜାରି ରହିଛି । ରାଜଧାନୀ ଭୁବନେଶ୍ୱର ସମେତ ରାଜ୍ୟର ବିଭିନ୍ନ ସ୍ଥାନରେ ବିଜୁଳି, ଘଡ଼ଘଡ଼ି ସହ ହାଲୁକା ଧରଣର ବର୍ଷା ଜାରି ରହିଛି । ସେପଟେ ନୀଳଗିରିରେ ବିଜୁଳି ଘଡ଼ଘଡ଼ିରେ ଜଳିଲା କୁଳଡ଼ିଆ ଅଭୟାରଣ୍ୟର ଦେବଗିରି ପାହାଡ଼ । ଏହା ସହିତ ମୂଲ୍ୟବାନ ଗଛପତ୍ର ମଧ ଜଳିଯାଇଛି । ବର୍ଷା ସାଙ୍ଗକୁ ଅଞ୍ଚଳରେ ବଢ଼ିଚାଲିଛି ପବନ, ବିଜୁଳି ଘଡ଼ଘଡିର ପ୍ରକୋପରେ ବ୍ୟାପି ଚାଲିଛି ନିଆଁ । ଏହା ସହିତ କରଞ୍ଜିଆ ଏବଂ ଆଖ ପାଖ ଅଞ୍ଚଳରେ କାଳ ବୈଶାଖୀ ବର୍ଷାର ପ୍ରକୋପ ଦେଖିବାକୁ ମିଳିଛି । କରଞ୍ଜିଆ ସମେତ ରରୁଆଁ, ଶୁକୃଳି ଅଞ୍ଚଳରେ ପ୍ରବଳ ଛେଚିଲା ବର୍ଷା ଗ୍ରୀଷ୍ମ ପ୍ରବାହରୁ ଅଞ୍ଚଳବାସୀଙ୍କୁ ଅକ୍ଷଶ୍ୱସ୍ଥି ମିଳିଛି କ୍ଷ ଗଞ୍ଜାମର ଦିଗପହଣ୍ଡିରେ ଲଗାଣ ବର୍ଷାଜାରି ରହିଛି । ପ୍ରବଳ ବର୍ଷା ପବନ ଯୋଗୁଁ ମୁଖ୍ୟ ଉପରେ ଗଛ ଉପୁଡ଼ି ପଡ଼ିଥିଲା । ଏକ ଯାତ୍ରୀବାହୀ ବସ ଦୁର୍ଘଟଣାଗ୍ରସ୍ତ ହୋଇଛି । ମୁଖ୍ୟ ରାସ୍ତାରୁ ରୋଡ଼ ପାର୍ଶ୍ୱକୁ ପଶିଯାଇଛି ।

## ଭଙ୍ଗା ବାରଣ୍ଡାରେ ଚାଲିଛି ପାଠପଢା: ମୟୂରଭଞ୍ଜ ଜିଲ୍ଲା ଡାହିସାହି ଗାଁରେ ଦିଗହରା ସମନ୍ୱିତ ମହିଳା ଓ ଶିଶୁ ବିକାଶ ଯୋଜନା

ଭୁବନେଶ୍ୱର,୧୧।୫(ପି.ଏନ): ମୟୂରଭଞ୍ଜର ଜିଲ୍ଲାରେ ଦିଗହରା ପାଲଟିଛି ମହିଳା ଓ ଶିଶୁ ବିକାଶ ଯୋଜନା । କୁଳିଅଣା ବ୍ଲକ ଡାହିସାହି ଗାଁରେ ଅଙ୍ଗନବାଡି ଘର ବିପଦଶଙ୍କୁଳ ହୋଇପଡିଥିବାରୁ ଭଙ୍ଗା ବାରଣ୍ଡାରେ ଚାଲିଛି ଶିଶୁଙ୍କ ପାଠପଢା । ଏଭଳି ପରିସ୍ଥିତିରେ ଛୁଆମାନଙ୍କୁ ମାଆମାନେ ଅଙ୍ଗନବାଡିକୁ ପଠାଇବାକୁ ଅସୁରକ୍ଷିତ ମନେ କରୁଛନ୍ତି ।କାନ୍ଥ ଗୁଡିକ ଫାଟି ଆଁ କରିଛି । ଛାତ ମଧ୍ୟ ଭାଙ୍ଗିଗଲାଣି । କ୍ୟାମ୍ପସ କଥା ନକହିବା ଭଲ । ଏ ହେଉଛି ମୟୂରଭଞ୍ଜ ଜିଲ୍ଲା କୁଳିଅଣା ବ୍ଲକ ଅନ୍ତର୍ଗତ ଗାଂଗରାଜ ପଞ୍ଚାୟତର ଡାହିସାହି ଗାଁରେ ଥିବା ଅଙ୍ଗନବାଡିର । କେନ୍ଦ୍ରଟି ବିପଦଶଙ୍କୁଳ ଅବସ୍ଥାରେ ଥିବାରୁ ଛୁଆମାନଙ୍କୁ ମାଆମାନେ ଅଙ୍ଗନବାଡିକୁ ପଠାଇବାକୁ ଅସୁରକ୍ଷିତ ମନେ କରୁଛନ୍ତି । କିଛି ମାଆ ମାନେ ସେମାନଙ୍କ ପିଲାମାନଙ୍କୁ ସାଙ୍ଗରେ ଆଣି ଅଙ୍ଗନବାଡି କେନ୍ଦ୍ରରେ ବସି ରହୁଛନ୍ତି । ଏ ସଂପର୍କରେ ଉପରିସ୍ଥ ଅଧିକାରୀଙ୍କୁ ବାରମ୍ବାର ଜଣାଇଥିଲେ ବି କୌଣସି ସୁଫଳ ମିଳିପାରିନଥିବା ନେଇ ଅଭିଯୋଗ କରିଛନ୍ତି ଗ୍ରାମବାସୀ । ମୟୂରଭଞ୍ଜ ଜିଲ୍ଲାରେ ୫ ହଜାର ୧୫୨ ଟି ଅଙ୍ଗନବାଡି ରହିଛି । ତା ମଧ୍ୟରୁ ୩୫୫ଟି ଅଙ୍ଗନବାଡିକୁ ମଡେଲ ଅଙ୍ଗନବାଡି ଭାବରେ ମନୋନୀତ କରାଯାଇଥିଲା । ତାର ନବୀକରଣ ପାଇଁ ପ୍ରତି ଅଂଗନବାଡିକୁ ୧୫ ଲକ୍ଷ ଲେଖାଏଁ ଆର୍ଥିକ ଅନୁଦାନ ଗତ ୨୦୧୯-୨୦ ମସିହାରେ ଦିଆଯାଇଥିଲା । ହେଲେ ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୫୩ଟି ଅଙ୍ଗନବାଡି କେନ୍ଦ୍ର ବିପଦଶଙ୍କୁଳ ଅବସ୍ଥାରେ ରହିଥିବା ନେଇ ଜିଲ୍ଲା ସମାଜ ମଙ୍ଗଳ ବିଭାଗ ପକ୍ଷରୁ କୁହାଯାଉଛି । ଏନେଇ ପୂର୍ବତନ ମହିଳା ଓ ଶିଶୁକଲ୍ୟାଣ ମନ୍ତ୍ରୀ ଉଦବେଗ ପ୍ରକାଶ କରିଛନ୍ତି । ରାଜ୍ୟରେ ଡବଲ ଇଂଜିନ ସରକାର । ପ୍ରାକ ଶିକ୍ଷା ବା ଅଙ୍ଗନବାଡି ବିଭାଗ ଦାୟିତ୍ୱରେ ଖୋଦ ଉପମୁଖ୍ୟମନ୍ତ୍ରୀ ରହିଥିବା ସତ୍ତ୍ୱ ? ଏହା ଉପରେ ନଜର ନେଦେବା ବାସ୍ତବିକ ଉଦବେଗର ବିଷୟ ।

## ସମ୍ବଲପୁରରେ ଲୋକଙ୍କ ଦୁଃଖ ଶୁଣିଲେ ଲୋକଙ୍କ ସରକାର

ସମ୍ବଲପୁର,୧୧।୫(ପି.ଏନ): ସମୟ ଥିଲା ସକାଳ ୮ ଟା। ଲୋକାରଣ୍ୟ ହୋଇ ଉଠିଥିଲା ସମ୍ବଲପୁର ମହାନଗର ନିଗମ କାର୍ଯ୍ୟାଳୟ ପରିସର ।
କାରଣ ଲୋକଙ୍କ ମୁଖ୍ୟମନ୍ତ୍ରୀ ଆସିଛନ୍ତି ଲୋକଙ୍କ ସମସ୍ୟା ଓ ଅଭିଯୋଗ ଶୁଣିବା ପାଇଁ । କେବଳ ମୁଖ୍ୟମନ୍ତ୍ରୀ ନୁହନ୍ତି ତାଙ୍କ ସହିତ ଥିଲେ ସହଯୋଗୀ ୧୦ ଜଣ ମନ୍ତ୍ରୀ ଓ ରାଜ୍ୟ ପ୍ରଶାସନର ବିଭିନ୍ନ ବିଭାଗ ଦାୟିତ୍ୱରେ ଥିବା ଅତିରିକ୍ତ ମୁଖ୍ୟ ଶାସନ ସଚିବ, ପ୍ରମୁଖ ଶାସନ ସଚିବ ଓ ସଚିବ ସ୍ତରୀୟ ଅଧିକାରୀଗଣ । ସମ୍ପୂର୍ଣ୍ଣ ରାଜ୍ୟ ପ୍ରଶାସନ ସ୍ଥାନାନ୍ତରିତ ହୋଇଥିଲା ସମ୍ବଲପୁରକୁ ।ଲୋକଙ୍କ ଅଭିଯୋଗ ଶୁଣି ଏହାର ସମାଧାନ କରିବାକୁ । ଆଜିଥିଲା ଅଭିଯୋଗ ଶୁଣାଣିର ୧୦ମ ପାଳି। ଏହା ଥିଲା ଅନ୍ୟ ନଅ'ଟି ପାଳି ଠାରୁ ଭିନ୍ନ, କାରଣ ସରକାରଙ୍କ ପାଖକୁ ଲୋକ ଆସି ନାହାନ୍ତି, ସରକାର ଆସିଛନ୍ତି ଲୋକଙ୍କ ଅଭିଯୋଗ ଶୁଣିବାକୁ ।ଗତ କାଲି ସନ୍ଧ୍ୟାରେ ମୁଖ୍ୟମନ୍ତ୍ରୀ ଏବଂ ରାଜ୍ୟ ମନ୍ତ୍ରୀମଣ୍ଡଳର ସଦସ୍ୟଗଣ ସମ୍ବଲପୁରରେ ପହଞ୍ଚି ମା' ସମଲେଶ୍ୱରୀଙ୍କ ଦର୍ଶନ କରି ରାଜ୍ୟବାସୀଙ୍କ କଲ୍ୟାଣ ପାଇଁ ପ୍ରାର୍ଥନା କରିଥିଲେ ।ଏହି ଅବସରରେ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ଯେ, ସମ୍ବଲପୁରରେ ଏ ଜନ ଶୁଣାଣି କାର୍ଯ୍ୟକ୍ରମ ସମସ୍ତଙ୍କ ପାଇଁ ଶୁଭଙ୍କର । ସରକାରଙ୍କ ପାଇଁ, ଲୋକଙ୍କ ପାଇଁ, ଓଡ଼ିଶା ରାଜ୍ୟ ପାଇଁ ଓ ସର୍ବୋପରି ଗଣତନ୍ତ୍ର ପାଇଁ ଏକ ସକରାତ୍ମକ ବାର୍ତ୍ତା ଦେଉଛି ।ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜୀ ଆମର ଏହି ଜନ ଶୁଣାଣି କାର୍ଯ୍ୟକ୍ରମକୁ ପ୍ରଶଂସା କରିଛନ୍ତି। ପ୍ରଧାନମନ୍ତ୍ରୀଙ୍କ ମାର୍ଗ ଦର୍ଶନ ଆମକୁ ଲୋକଙ୍କ ଆହୁରି ନିକଟତର ହେବାକୁ ପ୍ରେରଣା ଦେଇଛି ବୋଲି ସେ କହିଛନ୍ତି ।ସେ ପୁଣି କହିଥିଲେ ଯେ, ଆମର ଉଦ୍ଦେଶ୍ୟ ହେଉଛି ରାଜ୍ୟର ବୃହତ୍ତର ବିକାଶର ଲକ୍ଷ୍ୟ ପୂରଣ ଭିତରେ ଗରିବ, ଅସହାୟ ଲୋକଙ୍କ ଦୁଃଖକୁ ଆମେ ଯେପରି ନଜର ଅନ୍ଦାଜ୍ ନ କରୁ। ସେମାନେ ଯେପରି ଅନୁଭବ ନ କରନ୍ତି ଯେ, ସେମାନଙ୍କ ଦୁଃଖ ଶୁଣିବା ପାଇଁ କେହି ନାହାନ୍ତି। ପୂର୍ବ ସରକାର ଏଥିପ୍ରତି ଉଦାସୀନ ମନୋଭାବ ପୋଷଣ କରୁଥିଲେ। ଆମେ କିନ୍ତୁ, ରାଜ୍ୟର ବିଭିନ୍ନ ଅଞ୍ଚଳରେ ଜନ ଶୁଣାଣି କରିବା ପାଇଁ ନିଷ୍ପତ୍ତି ନେଇଛୁ। ଆଜି ସମ୍ବଲପୁରରେ ହେଲା, ଆଗାମୀ ଦିନରେ ରାଜ୍ୟର ଅନ୍ୟ ସ୍ଥାନରେ ହେବ ।ସେ ଆହୁରି କହିଥିଲେ ଯେ, ଏହି କ୍ଷେତ୍ରୀୟ ଜନଶୁଣାଣି କାର୍ଯ୍ୟକ୍ରମ ଦ୍ୱାରା ଅଧିକାରୀ ମାନେ ସେମାନଙ୍କ ସ୍ତରରେ ହିଁ, ଯେତେଦୂର ସମ୍ଭବ, ଲୋକଙ୍କ ସମସ୍ୟା ସମାଧାନ କରିବାକୁ ତତ୍ପର ହେବେ। ଲୋକଙ୍କ ମୌଳିକ ସମସ୍ୟାର ସମାଧାନ ଦିଗରେ ଅଧିକ ସଚେତନ ହେବେ ବୋଲି ସେ କହିଛନ୍ତି। ସମସ୍ତ ଅଭିଯୋଗର ଶୀଘ୍ର ସମାଧାନ ପାଇଁ ଅଧିକାରୀ ମାନଙ୍କୁ ସ୍ପଷ୍ଟ ନିର୍ଦ୍ଦେଶ ଦିଆ ଯାଇଛି ବୋଲି ମୁଖ୍ୟମନ୍ତ୍ରୀ ପ୍ରକାଶ କରିଥିଲେ ।ପୂର୍ବ ଜନଶୁଣାଣି କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ଆଗରୁ ଭୁବନେଶ୍ୱରରେ ଆମର ନଅ'ଟି ଜନ ଶୁଣାଣି ହୋଇଛି। ପୂର୍ବ ନଅ'ଟି ପାଳିରେ ୯,୩୭୭ ଲୋକଙ୍କ ଅଭିଯୋଗ ଗ୍ରହଣ କରିଛୁ ଏବଂ ପ୍ରାୟ ୮୮ ପ୍ରତିଶତ ଅଭିଯୋଗର ସମାଧାନ କରାଯାଇଛି। ଅବଶିଷ୍ଟ ଗୁଡିକ ପ୍ରକ୍ରିୟା ଭିତରେ ଅଛି । ଲୋକଙ୍କ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମର ଆଜି ଥିଲା ୧୦ମ ପାଳି। ଏହି ପାଳିରେ ପ୍ରାୟ ୧୦୦୦ ଜଣ ଅନଲାଇନ ଜରିଆରେ ପଂଜିକୃତ ଓ ଅଫଲାଇନରେ ପ୍ରାୟ ୪୦୦ ଲୋକଙ୍କ ଅଭିଯୋଗ ଗ୍ରହଣ କରାଯାଇଛି । ସିଙ୍ଗିଲ୍ ୱିଣ୍ଡୋ ସିଷ୍ଟମରେ ଅସାଧ ଓ ଦୂରାରୋଗ୍ୟରେ ପୀଡ଼ିତ ବ୍ୟକ୍ତିଙ୍କୁ ମୁଖ୍ୟମନ୍ତ୍ରୀଙ୍କ ରିଲିଫ୍ ପାଣ୍ଠିରୁ ତୁରନ୍ତ ସହାୟତା ଯୋଗାଇ ଦିଆଯାଉଛି। ଆଜି ଏହି ସିଷ୍ଟମରେ ଚିକିତ୍ସା ଖର୍ଚ୍ଚ ପାଇଁ ୧୮ ଜଣଙ୍କୁ ୧୯ ଲକ୍ଷ ୫୦ ହଜାର ଟଙ୍କାର ଚିକିତ୍ସା ସହାୟତା ପ୍ରଦାନ କରାଯାଇଛି ।ଏହି ତତ୍କାଳ ସହାୟତା ପ୍ରଦାନ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ଅଭିଯୋଗ ପ୍ରକୋଷ୍ଠରେ ଡାକ୍ତରୀ ଦଳ ମଧ ନିୟୋଜିତ ଥିଲେ ।
କେବଳ ଚିକିତ୍ସା ସହାୟତା ନୁହେଁ, ଅନ୍ୟାନ୍ୟ ବିଭିନ୍ନ ସମସ୍ୟା ନେଇ ଅଭିଯୋଗକାରୀମାନେ ଆସିଥିଲେ । ସମସ୍ତଙ୍କ ଅଭିଯୋଗ ଗୁଡ଼ିକୁ ଗୁରୁତ୍ୱର ସହ ଶୁଣି ଆବଶ୍ୟକ ସ୍ଥଳେ ଟେଲିଫୋନ୍ ଜରିଆରେ ମନ୍ତ୍ରୀମଣ୍ଡଳର ସଦସ୍ୟ ଓ ଉପସ୍ଥିତ ବରିଷ୍ଠ ସଚିବ ସ୍ତରୀୟ ଅଧିକାରୀମାନେ ସମ୍ପୃକ୍ତ କର୍ତ୍ତୃପକ୍ଷମାନଙ୍କୁ ନିର୍ଦ୍ଦେଶ ଦେଉଥିଲେ । ସେହିପରି ବରଗଡ଼ ଜିଲ୍ଲା ଡୁଙ୍ଗୁରିବାହାଲ ର କିଛି ବାସିନ୍ଦା ଆସିଥିଲେ ଡୁଙ୍ଗୁରିବାହାଲ ଜଳସେଚନ ପ୍ରକଳ୍ପରୁ ଜଳସେଚନ ସୁବିଧା କରାଇବା ପାଇଁ । ମୁଖ୍ୟମନ୍ତ୍ରୀ ତୁରନ୍ତ ଜଳସମ୍ପଦ ବିଭାଗର ସର୍ବୋଚ୍ଚ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ ଏହାର ସମାଧାନ ପାଇଁ । ଆଜି ମୁଖ୍ୟମନ୍ତ୍ରୀଙ୍କ ସହିତ ଉପ-ମୁଖ୍ୟମନ୍ତ୍ରୀ ତଥା କୃଷି ଓ କୃଷକ ସଶକ୍ତିକରଣ ମନ୍ତ୍ରୀ ଶ୍ରୀ କନକ ବର୍ଦ୍ଧନ ସିଂହ ଦେଓ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଶ୍ରୀ ସୁରେଶ ପୂଜାରୀ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଗୃହ ଓ ନଗରଉନ୍ନୟନ ମନ୍ତ୍ରୀ ଡଃ କୃଷ୍ଣଚନ୍ଦ୍ର ମହାପାତ୍ର, ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଇଂ ଗଣେଶ ରାମ ସିଂ ଖୁଣ୍ଟିଆ, ପଞ୍ଚାୟତିରାଜ ପାନୀୟଜଳ ଓ ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ଶ୍ରୀ ରବି ନାରାୟଣ ନାୟକ, ଖାଦ୍ୟ ଯୋଗାଣ ଏବଂ ଖାଉଟି କଲ୍ୟାଣ ମନ୍ତ୍ରୀ ଶ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର, ଶିଳ୍ପ ମନ୍ତ୍ରୀ ଶ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ଇସ୍ପାତ ଓ ଖଣି ମନ୍ତ୍ରୀ ଶ୍ରୀ ବିଭୁତି ଭୂଷଣ ଜେନା, ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଶ୍ରୀ ନିତ୍ୟାନନ୍ଦ ଗଣ୍ଡ, ଉଚ୍ଚଶିକ୍ଷା ଓ ସଂସ୍କୃତି ମନ୍ତ୍ରୀ ଶ୍ରୀ ସୂର୍ଯ୍ୟବଂଶୀ ସୁରଜ, ପ୍ରମୁଖ ଉପସ୍ଥିତ ରହି ଲୋକଙ୍କ ଅଭିଯୋଗ ଶୁଣିଥିଲେ ।ଗୃହ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁ, ସାଧାରଣ ଅଭିଯୋଗ ଓ ସାଧାରଣ ପ୍ରଶାସନ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେନ୍ଦ୍ର କୁମାର, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ଦେଓ ରଞ୍ଜନ କୁମାର ସିଂହ, ଏବଂ ଅନ୍ୟ ବିଭାଗ ଗୁଡ଼ିକର ସଚିବ ସ୍ତରୀୟ ବରିଷ୍ଠ ଅଧିକାରୀମାନେ ମଧ ଉପସ୍ଥିତ ରହି ଏହି କାର୍ଯ୍ୟ ପରିଚାଳନା କରିଥିଲେ ।

## ଡବଲ ଇଞ୍ଜିନ ସରକାରରେ ଘୋଷଣା ବେଶୀ, ମିଳୁଛି କମ୍

ଭୁବନେଶ୍ୱର,୧୧।୫(ପି.ଏନ): ଡବଲ ଇଞ୍ଜିନ ସରକାରରେ କେନ୍ଦ୍ରଠାରୁ ଅଧିକ ଅର୍ଥ ଆସିବ କଣ ରାଜ୍ୟକୁ ମିଳୁଛି କମ୍ ଆବଣ୍ଟନ ଓ ଅନୁଦାନ । ୨୦୨୪-୨୫ ଆର୍ଥିକ ବର୍ଷର ଜାନୁଆରୀ ମାସରେ କେନ୍ଦ୍ର ଅନୁଦାନ ୧୭ ପ୍ରତିଶତ କମ୍ ମିଳିଛି । ଖୋଦ ଅର୍ଥ ବିଭାଗର ତଥ୍ୟ କହୁଛି, ପୂର୍ବ ନବୀନ ସରକାର ସମୟରେ ଯାହା ମିଳିଥିଲା ତାଠୁ କମ୍ ମିଳିଛି । ରାଜ୍ୟ ଆୟ କମୁଛି । ଋଣଭାର ବଢୁଛି । ସେପଟେ କେନ୍ଦ୍ର ଦେଉଛି କମ୍ । ଏହାକୁ ନେଇ ଉଦବେଗ ପ୍ରକାଶ କରିଛନ୍ତି ପୂର୍ବତନ ଅର୍ଥମନ୍ତ୍ରୀ ଓ ଆର୍ଥିକ ବିଶେଷଜ୍ଞ । ଅଭିଯୋଗ କରିଛନ୍ତି ଏପରି ଚାଲିଲେ ଓଡ଼ିଶା ପୁଣି ଥରେ ଆର୍ଥିକ ଦୁଃସ୍ଥିତି ଆଡ଼କୁ ଚାଲିଯିବ ।କ୍ଷମତା ବଦଳିଲା ହେଲେ ବଦଳିଲାନି କେନ୍ଦ୍ରର ଆଭିମୁଖ୍ୟ । କମିବାରେ ଲାଗିଛି କେନ୍ଦ୍ରୀୟ ଅନୁଦାନ । ବିଜେଡି ଅମଳ ଅପେକ୍ଷା ଡବଲ ଇଞ୍ଜିନରେ ଅଧିକ ନିରାଶା ।.. ..ବିଜେପିର ଦାବିଥିଲା ରାଜ୍ୟରେ ଡବଲ ଇଞ୍ଜିନ ସରକାର ହେଲେ କେନ୍ଦ୍ରଠାରୁ ଅଧିକ ଅର୍ଥ ଆସିବ । କିନ୍ତୁ ୨୦୨୪-୨୫ ଆର୍ଥିକ ବର୍ଷର ହିସାବ ଅଲଗା କାହାଣୀ ବଖାଣୁଛି । ଅଙ୍କ ସବୁ ଗଡ଼ବଡ଼ । ଖୋଦ ଅର୍ଥ ବିଭାଗ ଉପଲବ୍ଧ କରିଥିବା ଆୟ ତାଲିକାରୁ ଜଣାପଡ଼ିଛି, ଗତ ଆର୍ଥିକ ବର୍ଷରେ କେନ୍ଦ୍ର ଅନୁଦାନ ବାବଦରେ ବଜେଟ୍ ଅର୍ଥଠାରୁ କମ ମିଳିଛି । ୨୦୨୪-୨୫ ବର୍ଷରେ କେନ୍ଦ୍ର ଅନୁଦାନ ବାବଦରେ ରାଜ୍ୟକୁ ମିଳିବା କଥା ୩୭ ହଜାର ୭୬୮ କୋଟି ୨୪ ଲକ୍ଷ ଟଙ୍କା । ହେଲେ ଗତ ଜାନୁଆରୀ ସୁଦ୍ଧା ମିଳିଛି ମାତ୍ର ୧୨ ହଜାର ୯୯୮ କୋଟି ୯ ଲକ୍ଷ ଟଙ୍କା । ଯାହାକି ୧୬.୯୧ ପ୍ରତିଶତ କମ୍ । ଅଥଚ ସମାନ ସମୟରେ ପୂର୍ବବର୍ଷ ନବୀନ ସରକାରଙ୍କ ସମୟରେ ଆସିଥିଲା ଅଧିକ ଅର୍ଥ । ୨୦୨୩-୨୪ ଆର୍ଥିକ ବର୍ଷ ୩୨ ହଜାର ୭୪୮ କୋଟି ୮୨ ଲକ୍ଷରୁ ମିଳିଥିଲା ୧୫ ହଜାର ୬୪୩ କୋଟି ୬୮ ଲକ୍ଷ ଟଙ୍କା । ପୂର୍ବତନ ମୁଖ୍ୟମନ୍ତ୍ରୀ ସିଙ୍ଗଲ ଇଞ୍ଜିନ ହୋଇ କେନ୍ଦ୍ରଠାରୁ ଅଧିକ ଅର୍ଥ ଟାଣିପାରୁଥିଲେ । ଏବେ କେନ୍ଦ୍ର ଓ ରାଜ୍ୟରେ ବିଜେପି ସରକାର ଡବଲ ଇଞ୍ଜିନ ହୋଇ ଅର୍ଥ କାହିଁକି ଆସୁନି ବୋଲି ପ୍ରଶ୍ନ ଉଠାଇଛନ୍ତି ପୂର୍ବତନ ଅର୍ଥମନ୍ତ୍ରୀ । ଅଭିଯୋଗ କରିଛନ୍ତି ଗୋଟିଏ ପଟେ ରାଜ୍ୟର ରାଜସ୍ୱ ଆୟ କମୁଛି । ଋଣଭାର ବଢୁଛି । ବୋଝ ଉପରେ ନଳିତା ବିଡ଼ା ଭଳି ବିଭିନ୍ନ କେନ୍ଦ୍ରୀୟ ଯୋଜନା କାର୍ଯ୍ୟକାରୀ କରିବାକୁ ରାଜ୍ୟ ଉପରେ ଅର୍ଥ ବୋଝ ଲଦାଚାଲିଛି । ଏପରି ଜାରି ରହିଲେ ରାଜ୍ୟ ପୁଣି ଥରେ ନିଅଣ୍ଟିଆ ସ୍ଥିତିକୁ ଚାଲିଯିବ ବୋଲି ଆଶଙ୍କା ପ୍ରକାଶ କରିଛନ୍ତି ।


## ପଣ୍ଡିତ ରଘୁନାଥ ମୁର୍ମୁ ଜୟନ୍ତୀ ଅବସରରେ ମୁଖ୍ୟମନ୍ତ୍ରୀଙ୍କ ବାର୍ତ୍ତା



ଗୁରୁ ଗୁମ୍‌କେ ପଣ୍ଡିତ ରଘୁନାଥ ମୁର୍ମୁଙ୍କ ପବିତ୍ର ଜୟନ୍ତୀ ଅବସରରେ ତାଙ୍କ ପ୍ରତି ମୋର ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛି । ସାନ୍ତାଳୀ ଭାଷାର ଲିପି 'ଅଲ୍ ଚିକି' ସୃଷ୍ଟି କରି ସେ ଦେଶ ଓ ବିଦେଶର ଏକ ବିଶାଳ ସମ୍ପ୍ରଦାୟର ଭାଷା, ସାହିତ୍ୟ ଓ ଶିକ୍ଷାର ବିକାଶ କ୍ଷେତ୍ରରେ ନିଜର ଅମୂଲ୍ୟ ଅବଦାନ ରଖିଯାଇଛନ୍ତି । ଏହି ଅବସରରେ ମୁଁ ସମଗ୍ର ସାନ୍ତାଳୀ ସମାଜକୁ ମୋର ଶୁଭେଚ୍ଛା ଜଣାଉଛି ଓ ସେମାନଙ୍କର ସର୍ବାଙ୍ଗୀନ ଉନ୍ନତି କାମନା କରୁଛି ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା

DADLS-22
15001/13/0652/2526








# ଟି ଟାଇମ୍

## ଭୂତଙ୍କ ମେଳା

ମେଳା ତ ଅନେକ ରହିଥାଏ। ମେଳାକୁ ଆକର୍ଷଣୀୟ କରିବା ପାଇଁ କେତେକ ସ୍ଥାନରେ ଗୋରୁଗାଈ ତ ଆଉ କେଉଁଠି କଣ୍ଢେଇ, ଖେଳନାମାନ ବିକ୍ରି କରାଯାଇଥାଏ। ହେଲେ ଭୂତମାନଙ୍କୁ ନେଇ କେବେ କୌଣସି ମେଳା ହେଉଥିବା ବିଷୟରେ ଶୁଣିଛନ୍ତି। କିନ୍ତୁ ଏପରି ଏକ ମେଳା ମିର୍ଜାପୁରର କୋହରୋରାର ବରହି ଗ୍ରାମରେ ବେଚୁବୀର ବାବାଙ୍କ ସମାଧି ଉପରେ ହୋଇଥାଏ। ଏହି ମେଳାରେ ଭୂତ, ପ୍ରେତ ଏବଂ ଡାହାଣୀମାନଙ୍କର ମେଳା ହୋଇଥାଏ। ଅନ୍ଧବିଶ୍ୱାସ ସହିତ ଜଡ଼ିତ ଏହି ମେଳାରେ ଭୂତ-ପ୍ରେତଙ୍କ ପ୍ରକୋପରୁ ଲୋକମାନଙ୍କୁ ମୁକ୍ତି ଦିଆଯାଇଥାଏ। ଅନ୍ଧବିଶ୍ୱାସର ଏ ସମସ୍ତ ଖେଳ ସ୍ଥାନୀୟ ପୋଲିସ କର୍ମଚାରୀମାନଙ୍କ ସାମ୍ନାରେ ହୋଇଥାଏ। ଏହି ମେଳା ୩୫୦ବର୍ଷରୁ ହୋଇଆସିଲାଣି। ଅନ୍ଧବିଶ୍ୱାସର ଏହି ମେଳାରେ ଅଭିଯୋଗ ନେଇ ମଣିଷମାନେ ଆସିଥାନ୍ତି। ଯଦି କୌଣସି ବ୍ୟକ୍ତିଙ୍କ ଉପରେ ଭୂତ କିମ୍ବା ପ୍ରେତଙ୍କର ପ୍ରଭାବ ରହିଥାଏ ତେବେ ତାଙ୍କୁ ଏହି ସଂକଟରୁ କେବଳ ବେଚୁବିର ବାବା ହିଁ ମୁକ୍ତ କରିପାରିବେ। ଏଠାକୁ ଅନେକ ଦୂର ଦୂରାନ୍ତରୁ ଲୋକମାନେ ଚିକିତ୍ସା କରିବା ପାଇଁ ଆସିଥାନ୍ତି। ବେଚୁ ବାବାଙ୍କ ସମାଧିର ଦେଖାଶୁଣା ତାଙ୍କର ଏହି ଛଅ ବଶଂଜ କରିଥାନ୍ତି। ଏଠାରେ ଭୂତ-ପ୍ରେତଙ୍କ ବ୍ୟତୀତ ନିଃସନ୍ତାନ ଲୋକମାନେ ମଧ୍ୟ ଆସିଥାନ୍ତି।

## ୧୦୬୮ଟଙ୍କାର କିଟ୍‌କାଟ୍

ଯଦି ଆପଣ ଚକୋଲେଟ୍ ଖାଇବାର ସୌଖୀନ୍ ତେବେ ଆପଣଙ୍କ ପାଇଁ ଏକ ବଡ଼ ଖୁସି ଖବର। ପ୍ରସିଦ୍ଧ କମ୍ପାନୀ ନେସ୍‌ଲେ ଜାପାନରେ ଗୋଟିଏ ନୂଆ ପ୍ରଡ଼କ୍ଟ ଲଞ୍ଚ କରିଛନ୍ତି । ଏହି ପ୍ରଡ଼କ୍ଟ ହେଉଛି ଗୋଟିଏ ଚକୋଲେଟ୍। କିନ୍ତୁ ଏହା ଏକ ସାଧାରଣ ଚକୋଲେଟ୍ ନୁହେଁ। ସୁନାରେ ପ୍ରସ୍ତୁତ ଚକୋଲେଟ୍। ନେସ୍‌ଲେ ଏହି ଚକୋଲେଟ୍‌ର ଉତ୍ପାଦନ କମ୍ପାନୀର ଚକଲେଟ୍ରୀ ବୁଟିକ୍ ପାଇଁ କରିଛନ୍ତି । ଏହାକୁ ଖାଇବା ଯୋଗ୍ୟ କରିବା ପାଇଁ ସେଥିରେ ସୁନାରେ ପତଳା କୋର୍ଟ ଦିଆଯାଇଛି । ଏବେ ଚକୋଲେଟ୍‌କୁ ୱାନ୍ ଫିଙ୍ଗର କିଟ୍‌କାଟ୍ ଚକୋଲେଟ୍ ଆକାରରେ ଲଞ୍ଚ କରାଯାଇଛି । ମିଳିଥିବା ସୂଚନା ଅନୁଯାୟୀ କମ୍ପାନୀ ଡିସେମ୍ବରର ଶେଷ ଆଡ଼କୁ ୫୦୦ ଚକୋଲେଟ୍‌କୁ ଜାପାନ୍‌ର ୮ଟି କିଟ୍‌କାଟ୍ ବୁଟିକ୍‌ରେ ବିକ୍ରି କରିବେ



। ସୁନାର ପରସ୍ତ ପଡ଼ିଥିବା ଏହି ଚକୋଲେଟ୍‌ର ଜାପାନ ମୂଲ୍ୟ ୨,୦୧୬ୟେନ୍(୧୬ଡଲାର) ଦାମରେ ବିକ୍ରି କରାଯିବ । ଯାହାର ଭାରତୀୟ ମୂଲ୍ୟ ୧.୦୬୮ଟଙ୍କା ହେବ । ଜାପାନରେ ନେସଲେ ୩୦ପ୍ରକାରର କିଟ୍‌କାଟ୍ ବିକ୍ରି କରିଥାଏ ।

## ଖରିଫ୍ ଧାନ ସଂଗ୍ରହ ପାଇଁ ଚାଷୀ ନାମପଂଜୀକରଣରେ ୧୩ ପ୍ରତିଶତ ବୃଦ୍ଧି

ଭୁବନେଶ୍ୱର,(ପିଏନ)-୨୦୨୦-୨୧ ଖରିଫ୍ ବିପଣନ ଋତୁରେ ମୂଲ୍ୟ ସହାୟକ ଯୋଜନାରେ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ଚାଷୀ ନାମ ପଂଜୀକରଣ ଗତବର୍ଷ ତୁଳନାରେ ଉଲ୍ଲେଖନୀୟ ୧୩ ପ୍ରତିଶତ ବୃଦ୍ଧି ପାଇଛି । ୨୦୨୦-୨୧ ଖରିଫ୍ ଧାନ ସଂଗ୍ରହ ପାଇଁ ଅଦ୍ୟାବଧି ମୋଟ ୧୪ ଲକ୍ଷ ୨ ହଜାର ୨୦୫ ଜଣ ଚାଷୀ ଅନ୍ ଲାଇନ୍ ଜରିଆରେ ସେମାନଙ୍କ ନାମ ପଂଜୀକରଣ କରିଛନ୍ତି। ଗତବର୍ଷ ୨୦୧୯-୨୦ ଖରିଫ୍ ଧାନ ନିମନ୍ତେ ୧୨ ଲକ୍ଷ ୩୫ ହଜାର ୯୦୮ ଜଣ ଚାଷୀ ନାମ ପଂଜୀକରଣ କରିଥିଲେ ।

କୋଭିଡ୍-୧୯ ସ୍ଥିତିରେ ସରକାରଙ୍କ ସମସ୍ତ ମାର୍ଗଦର୍ଶିକା ଓ ସାମାଜିକ ଦୂରତ୍ୱ ଅନୁପାଳନ କରି ବିଭାଗ ଦ୍ୱାରା ପ୍ୟାକ୍ସ ଓ ଲ୍ୟାମ୍ପସ୍ ମାଧ୍ୟମରେ ଚାଷୀ ନାମ ପଂଜୀକରଣ କାର୍ଯ୍ୟ ସୁରୁଖୁରୁରେ କରାଯାଇପାରିଛି ଏବଂ ଗତବର୍ଷ ତୁଳନାରେ ୧ ଲକ୍ଷ ୬୬ ହଜାର ୨୯୭ ଜଣ ଅଧିକ ଚାଷୀ ସେମାନଙ୍କ ଖରିଫ୍ ଧାନ ବିକିବା ନିମନ୍ତେ ନାମ ପଂଜୀକରଣ କରିଥିବାରୁ ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ସମସ୍ତ କୃଷକ ଭାଇ ଏବଂ ବିଭାଗୀୟ ଅଧିକାରୀ ଓ କର୍ମଚାରୀଙ୍କୁ ସାଧୁବାଦ ଜଣାଇଛନ୍ତି। ରାଜ୍ୟର ୩୦ଟି ଜିଲ୍ଲାରେ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ୨୮୫୨ଟି ପ୍ୟାକ୍ସ ଜରିଆରେ ନାମ ପଂଜୀକରଣ କାର୍ଯ୍ୟ କରାଯାଉଛି। ୨୦୨୦-୨୧ ଖରିଫ୍ ଧାନ ସଂଗ୍ରହ ନିମନ୍ତେ ରାଜ୍ୟର ପ୍ରାୟ ପ୍ରତିଟି ଜିଲ୍ଲାରେ ଗତବର୍ଷ ତୁଳନାରେ ନାମ ପଂଜୀକରଣ ସଂଖ୍ୟା ବୃଦ୍ଧି ପାଇଥିବାବେଳେ ନୂଆପଡ଼ା ଜିଲ୍ଲାରେ ଉଲ୍ଲେଖନୀୟ ୩୫ ପ୍ରତିଶତ ବୃଦ୍ଧିପାଇଛି । ଏତଦ୍ ବ୍ୟତୀତ ବଲାଙ୍ଗୀର ଓ ଯାଜପୁର ଜିଲ୍ଲାରେ ୨୯ ପ୍ରତିଶତ ବୃଦ୍ଧି ପାଇଥିବାବେଳେ ମୟୂରଭଞ୍ଜ ଜିଲ୍ଲାରେ ୨୮ ପ୍ରତିଶତ, ଝାରସୁଗୁଡ଼ାରେ ୨୩ ପ୍ରତିଶତ, ଦେବଗଡ଼ରେ ୨୨ ପ୍ରତିଶତ, ଭଦ୍ରଖରେ ୨୦ ପ୍ରତିଶତ, ଢେଙ୍କାନାଳରେ ୧୯ ପ୍ରତିଶତ, ଅନୁଗୋଳ, ଜଗତସିଂହପୁର ଓ କୋରାପୁଟରେ ୧୮ ପ୍ରତିଶତ ଲେଖାଏଁ ନାମ ପଂଜୀକରଣ ବୃଦ୍ଧି ପାଇଛି। ସେହିପରି କଟକ ଜିଲ୍ଲାରେ ଚାଷୀ ନାମ ପଂଜୀକରଣ ୧୭ ପ୍ରତିଶତ, ସମ୍ବଲପୁରରେ ୧୬ ପ୍ରତିଶତ, ବାଲେଶ୍ୱର ୧୫ ପ୍ରତିଶତ, ବରଗଡ଼ରେ ୧୫ ପ୍ରତିଶତ ଏବଂ ସୁନ୍ଦରଗଡ଼ରେ ୧୩ ପ୍ରତିଶତ ବୃଦ୍ଧି ପାଇଛି।

## ପୁରାଣ କାହାଣୀ

## ହଜିଯାଇଥିବା ଜିନିଷ ଖୋଜି ଆଣିବ ସୁଦର୍ଶନ ଚକ୍ର



ଜୀବନରେ କୌଣସି ଜିନିଷ ହଜିଯିବା, କେଉଁଠି ରଖି ଭୁଲିଯିବା, ହଜିଯାଇଥିବା ଜିନିଷ ଖୋଜିଲେ ନ ମିଳିବା ଆଦି ସମସ୍ୟା ସ୍ୱାଭାବିକ୍ ଭାବେ ଘଟିଥାଏ । ଯାହା ମନକୁ ଭାରାକ୍ରାନ୍ତ କରିଦିଏ। ଏଭଳି ପରିସ୍ଥିତିରେ କାର୍ତ୍ତବିର୍ୟାର୍ଜୁନ୍ ରାଜା ଯିଏ ହେୟ ବଂଶର ତଥା ଭଗବାନ ବିଷ୍ଣୁଙ୍କ ସୁଦର୍ଶନ ଚକ୍ରର ଅବତାର ବୋଲି କୁହାଯାଇଥାଏ। ତାଙ୍କର ସାଧନା କରିବା ଦ୍ୱାରା ଏହି ସବୁ ସମସ୍ୟାରୁ ତୁରନ୍ତ ମୁକ୍ତି ମିଳିଥାଏ। ପୁରାଣରେ ବର୍ଣ୍ଣିତ ହୋଇଛି ଯେ ସୁଦର୍ଶନ ଚକ୍ର ଯେ କୌଣସି ଦିଗକୁ ଯାଇ ହଜିଥିବା ଜିନିଷ ଖୋଜି ଆଣିବାରେ ସାହାଯ୍ୟ କରିଥାଏ। ଏହାର ସାଧନା ପାଇଁ ଦୀପ ଜଳାଇ ପୂର୍ବ ଅଥବା ଉତ୍ତର ଦିଗ ପଟକୁ ମୁହଁ କରି ବସନ୍ତୁ। ହଜିଯାଇଥିବା ଜିନିଷକୁ ଭାବନାରେ ଆଣି ଭଗବାନ ବିଷ୍ଣୁଙ୍କର ସୁଦର୍ଶନ ରୂପକୁ ସ୍ମରଣ କରି ଧ୍ୟାନ କରନ୍ତୁ ।

## ନ୍ୟୁଡ ସେଲଫି ବଦଳରେ ମିଳୁଛି ଋଣ

ବେଙ୍କିଂ ସାଧାରଣତଃ ଋଣ ପ୍ରଦାନ ସମୟରେ ବ୍ୟାଙ୍କ କର୍ତ୍ତୃପକ୍ଷ ଘର କିମ୍ବା ଜମି ପଟ୍ଟାକୁ ବନ୍ଧକ ରଖିଥାନ୍ତି। ହେଲେ ଚୀନର ଏକ ବ୍ୟାଙ୍କ ଗ୍ୟାରେଣ୍ଟି ବାବଦରେ ଝିଅଙ୍କ ଅଶ୍ଳୀଳ ଫଟୋକୁ ଗ୍ରହଣ କରୁଛି। ସର୍ତ୍ତ ରହିଛି ଯଦି ସଠିକ ସମୟରେ ଋଣ ପରିଶୋଧ କରାନଯାଏ ତେବେ ଏହି ଫଟୋକୁ ସାର୍ବଜନୀନ କରାଯିବ। ଚୀନରେ ଜିଏଦାଇବାଓ ନାମକ ଏକ କମ୍ପାନୀ ଲୋକଙ୍କୁ ବ୍ୟବସାୟ ଏବଂ ଆବଶ୍ୟକୀୟ ସାମଗ୍ରି କ୍ରୟ ପାଇଁ ଅନଲାଇନରେ ଋଣ ପ୍ରଦାନ କରୁଛି। ତେବେ ଋଣ ପାଇଁ ଗ୍ୟାରେଣ୍ଟର ଭାବେ ଝିଅ



ପିଲାଙ୍କୁ ଅନଲାଇନରେ ନ୍ୟୁଡ ଫଟୋ ଦେବାକୁ କୁହାଯାଉଛି। ଏଥିରେ ଝିଅମାନେ ନିଜ ପରିଚୟ ପତ୍ର ସହ ଫଟୋ ଦେଉଛନ୍ତି। କୁହାଯାଇଛି ଯେ ଯଦି ସଠିକ ସମୟରେ ଋଣ ଅର୍ଥ ପୈଠ ନହୁଏ ତେବେ ଏହି ଫଟୋ ପରିବାର ଏବଂ ପରିଚିତ ଲୋକମାନଙ୍କୁ ପଠାଇବା ସହ ସୋସିଆଲ ସାଇଟରେ ମଧ୍ୟ ସେୟାର କରାଯିବ। କମ୍ପାନୀଟି ୩୦% ସାପ୍ତାହିକ ସୁଧରେ ଏହି ଅର୍ଥ ଆବଶ୍ୟକୀୟ ଲୋକଙ୍କୁ ପ୍ରଦାନ କରୁଛି। ମିଳିଥିବା ସୂଚନା ଅନୁସାରେ ଏହି କମ୍ପାନୀଟି ଅଦ୍ୟାବଧି ୧୬୦ଜଣ ଝିଅଙ୍କ ଫଟୋକୁ ସୋସିଆଲ ସାଇଟରେ ଛାଡି ସାରିଲେଣି। ଘଟଣାକୁ ନେଇ ବିଶ୍ୱବ୍ୟାପୀ ତୀବ୍ର ପ୍ରତିକ୍ରିୟା ଆରମ୍ଭ ହୋଇଥିଲା ବେଳେ କମ୍ପାନୀକୁ ବନ୍ଦ କରିବା ପାଇଁ ଦାବି ତେଜିଲାଣି।

## ଖାତାକୁ ଆସିଲା ୩୧କୋଟି, ଗହଣା ଏବଂ କପଡ଼ା ପାଇଁ କରିଦେଲେ ଖର୍ଚ୍ଚ

ସିଡନୀ ଭାରତରେ ନୋଟରଦ୍ଦ ନିଷ୍ପତ୍ତି କାରଣରୁ ଅନେକ କଳାଧନକୁ ଧଳା କରିବା ପାଇଁ ଅନ୍ୟମାନଙ୍କ ଆକାଉଣ୍ଟରେ ଅର୍ଥ ଜମା କରୁଥିବା ଘଟଣା ଏବେ ଦେଖିବାକୁ ମିଳୁଛି। ସେହିପରି ଭୁଲରେ ମଧ୍ୟ ବ୍ୟାଙ୍କ





ଅଧିକାରୀମାନେ ଜଣଙ୍କ ସ୍ଥାନରେ ଅନ୍ୟଜଣଙ୍କ ଆକାଉଣ୍ଟରେ ଟଙ୍କା ଜମା କରିଦେଉଛନ୍ତି। ବ୍ୟାଙ୍କର ଏହି ତ୍ରୁଟି ଯୋଗୁ ଜଣେ ଛାତ୍ରଙ୍କୁ କୋର୍ଟର ଚକ୍କର କାଟିବାକୁ ପଡିଛି। ମାମଲାଟି ୨୦୧୨ ମସିହାର। ବ୍ୟାଙ୍କ ପକ୍ଷରୁ ଭୁଲରେ ମାଲେସିଆର ଜଣେ ୨୧ବର୍ଷୀୟ ଛାତ୍ରୀ କ୍ରିଷ୍ଟିନାଙ୍କ ଖାତାକୁ ଆସିଥିଲା ୩୧କୋଟି ଟଙ୍କା। ୨୦୧୪ ଜୁଲାଇ ମାସରେ ଏ ସମ୍ପର୍କରେ କ୍ରିଷ୍ଟିନା ଜାଣିପାରିଥିଲେ। ପରେ ଏହି ଟଙ୍କାରେ ସେ ଗହଣା,ପ୍ରଶାଧନ ସାମଗ୍ରିଓ ଅନ୍ୟାନ୍ୟ ଅତ୍ୟାବଶ୍ୟକ ଜିନିଷ କ୍ରୟ କରିଥିଲେ। ଏପରିକି ଗୋଟିଏ ଦିନ ସେ ଦେଢକୋଟି ଟଙ୍କାର କିଣାବିକା କରିଥିଲେ। ଗତବର୍ଷ ଏହି ତ୍ରୁଟି ସମ୍ପର୍କରେ ବ୍ୟାଙ୍କ କର୍ତ୍ତୃପକ୍ଷ ଅବଗତ ହେବାପରେ କ୍ରିଷ୍ଟିନାଙ୍କୁ ଫୋନ କରି ତୁରନ୍ତ ଟଙ୍କା ଫେରାଇବା ପାଇଁ ଅନୁରୋଧ କରିଥିଲେ। ହେଲେ କ୍ରିଷ୍ଟିନା କହିଥିଲେ ଯେ ମୁଁ ଭାବିଥିଲି ଏହି ଟଙ୍କା ମୋତେ ମୋ ବାପା ପଠାଇଛନ୍ତି। ପରେ ଘଟଣାଟି କୋର୍ଟରେ ପହଞ୍ଚିଥିଲା। ଗତ ମଙ୍ଗଳବାର ଦିନ ଡାଉନିଂ ସେଣ୍ଟର କୋର୍ଟରେ କ୍ରିଷ୍ଟିନା ଉପସ୍ଥିତ ହୋଇ ନିଜ ଯୁକ୍ତି ରଖିଥିଲେ। ପରେ ଏହି ମାମଲାରେ କୋର୍ଟ ତାଙ୍କୁ ସମ୍ମାନର ସହ ମୁକ୍ତି କରିଛି।

## ସନ୍ତାନ ଓ ଚାକିରି ଛାଡ଼ି ଆଇଏସ ବିରୋଧରେ ବନ୍ଧୁକ ଉଠାଇଲେ ମହିଳା

ସିରିୟାର ବେବିଲୋନିଆ ତାଙ୍କର ଦୁଇ ସନ୍ତାନ



ଓ ହେୟାର ଡ୍ରେସର ଚାକିରି ଛାଡି ଦୁର୍ଦ୍ଧର୍ଷ ଆତଙ୍କବାଦୀ ସଂଗଠନ ଆଇଏସଆଇଏସ ବିରୋଧରେ ବନ୍ଧୁକ ଉଠାଇଛନ୍ତି। ସେ ଆଇଏସ ବିରୋଧରେ ଲଢୁଥିବା ଖ୍ରୀଷ୍ଟିଆନ ଫିମେଲ ପ୍ରୋଟେକସନ ଗ୍ରୁପରେ ସାମିଲ ହୋଇଛନ୍ତି। ୩୬ ବର୍ଷୀୟା ବେବିଲୋନିଆ ସିରିୟାର ଉତ୍ତର-ପୂର୍ବରେ ହଶକାହ ପ୍ରଦେଶରେ ଖ୍ରୀଷ୍ଟିଆନ ସଂଖ୍ୟାଲଘୁ ସଂପ୍ରଦାୟର ମହିଳା। ଏହି ଗ୍ରୁପରେ ୫୦ ମହିଳା ଅଛନ୍ତି ଏବଂ ଏମାନଙ୍କ ପ୍ରଶିକ୍ଷଣ ଶିବିର ସିରିୟାର ଅଲ-କହତନିଏ ସହରରେ ରହିଛି। ବେବିଲୋନିଆ କହିଛନ୍ତି ପିଲାଙ୍କ ଭବିଷ୍ୟକୁ ସୁରକ୍ଷିତ କରିବା ପାଇଁ ସେ ଆଇଏସଆଇଏସ ବିରୋଧରେ ଅସ୍ତ୍ର ଉଠାଇଛନ୍ତି। ସିରିୟାରେ ୮୯ହଜାର ଖ୍ରୀଷ୍ଟିଆନ ବସବାସ କରୁଥିଲେ ହେଁ ଆଇଏସ ଆତଙ୍କବାଦୀଙ୍କ ଭୟରେ ଏମାନଙ୍କ ସଂଖ୍ୟା ଦ୍ରୁତ ହ୍ରାସ ପାଉଛି।

## ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ସୁନ୍ଦର ଆଖି

ମଣିଷ ଶରୀରରେ ଆଖି ହେଉଛି ସବୁଠାରୁ ସୁନ୍ଦର ଭାଗ । ଯାହା ଆପଣଙ୍କ ସୁନ୍ଦରତାକୁ ଆହୁରି ବଢାଇ ଦେଇଥାଏ । ଯଦି ଆପଣ ଆପଣଙ୍କ ଆଖିକୁ ସୁନ୍ଦର କରିବାକୁ ଚାହାନ୍ତି ତେବେ, ସ୍ମୋକିକ ଆଇଜ୍ ପାଇଁ ସର୍ବଦା ଗ୍ରେ ଏବଂ କଳା ରଙ୍ଗର ଆଇସ୍ୟାଡୋର ମିଶ୍ରଣକୁ କଳା ସହିତ ଲଗାନ୍ତୁ । ଏଥିପାଇଁ ସର୍ବପ୍ରଥମେ ଆଇବ୍ରୋର ତଳ ଭାଗରେ ରହିଥିବା ହାଡରୁ ଟିକେ ତଳକୁ ଆଖିପତାରେ ଗ୍ରେ ରଙ୍ଗର ଆଇସ୍ୟାଡେ ଲଗାନ୍ତୁ । ଏହାପରେ ଆଖିର ତଳ ଏବଂ ଉପର ଦୁଇ ଭାଗରେ କଳା ଲଗାନ୍ତୁ । ଏହା ଆଖିର ସୁନ୍ଦରତା ବଢେଇ ଦେଇଥାଏ ।

## କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ହାନିକାରକ

ଆପଣଙ୍କ ଶରୀର ପାଇଁ କ୍ଷତିକାଚ଼ ସାବ୍ୟସ୍ତ ହୋଇପାରେ। ନିକଟରେ କରାଯାଇଥିବା ଏକ ଗବେଷଣାରୁ ଜଣାଯାଇଛି କ୍ଲୋରାମିନ୍ ଯୁକ୍ତ ଖାଦ୍ୟ ଓ ଲୁଣ ପ୍ରତିକ୍ରିୟା କରି ଏଭଳି ଏକ ହାନିକାରକ ରସାୟନ ନିର୍ମାଣ କରୁଛନ୍ତି, ଯାହା ଆପଣଙ୍କୁ ଡାକ୍ତରଖାନାରେ ପହଞ୍ଚାଇଦେବ। ଗବେଷକମାନେ ଅନେକ ଅଣୁମାନଙ୍କର ସନ୍ଧାନ କରିଛନ୍ତି, ଯାହା ସମ୍ପୂର୍ଣ୍ଣ ନୂଆ ଓ କ୍ଲୋରାମିନ୍ ଯୁକ୍ତ ପାଣି ଓ ଖାଦ୍ୟରେ ଥିବା ଆୟୋଡ଼ିନ୍ ଯୁକ୍ତ ଲୁଣ ମଧ୍ୟରେ



ପ୍ରତିକ୍ରିୟାରୁ ସୃଷ୍ଟି ହୋଇଛନ୍ତି। ପାଣିକୁ ସ୍ୱଚ୍ଛ କରିବା ପାଇଁ ସେଥିରେ କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍‌ର ଅଣୁ ମିଶାଯାଇଥାଏ। ଗବେଷକଙ୍କ ମତରେ ପାଇପ୍ ପାଣିରେ ଉପସ୍ଥିତ ଥିବା କ୍ଲୋରିନ୍ କିମ୍ବା କ୍ଲୋରୋଏମିନ୍ସ ଆୟୋଡ଼ିନ୍ ଲୁଣ ସହ ପ୍ରତିକ୍ରିୟା କରି ହାଇପୋଆୟୋଡ଼ସ୍ ଏସିଡ଼ ନିର୍ମାଣ କରିଥାଏ। ଯାହା ସାଧାରଣତଃ ହାନିକାରକ ନୁହେଁ। କିନ୍ତୁ ଯେତେବେଳେ ଏସିଡ଼ ଖାଦ୍ୟ ରାନ୍ଧିବା ସମୟରେ ପାଇପ୍ ପାଣିରେ ଉପସ୍ଥିତ ଅଣୁ ଓ ଅନ୍ୟ କାର୍ବନିକ୍ ପଦାର୍ଥ ସହିତ ପ୍ରତିକ୍ରିୟା କରିଥାଏ। ସେତେବେଳେ ସେଥିରେ ହାନିକାରକ ଆୟୋଡ଼ିନ୍ ଯୁକ୍ତ ଜୀବାଣୁ ନାଶକ ତିଆରି ହୋଇଥାଏ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ ।



ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାର୍ବୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪




**ଭୁବନେଶ୍ୱର, ୨୦୨୫, ମଇ ୧୨**

# ଆତ୍ମହତ୍ୟାରେ ଭାରତର ରେକର୍ଡ଼



ଡାକ୍ତର ସମ୍ରାଟ କର

ପୃଥିବୀର ଯେକୌଣସି ଅନ୍ୟ ଦେଶ ଅପେକ୍ଷା ଭାରତରେ ଅଧିକ ଆତ୍ମହତ୍ୟା ହେଉଛି। ଉଦ୍‌ବେଗର ବିଷୟ ଯେ ଗତ କିଛିବର୍ଷ ଭିତରେ ଏହାର ହାର ବଢ଼ି ଚାଲିଛି। ଏହାର ସଂଖ୍ୟା ଉଭୟ ପୂର୍ଣ୍ଣ ତଥା ଆପେକ୍ଷିକ ଦୃଷ୍ଟିକୋଣରୁ ଅଧିକ। ଲାନସେଟିଂ ପତ୍ରିକାରେ ପ୍ରକାଶିତ ଏକ ଅନୁଧ୍ୟାନ ଅନୁସାରେ ଭାରତରେ ବିଶ୍ୱ ଜନସଂଖ୍ୟାର ୧୮ ପ୍ରତିଶତ ଲୋକ ରହୁଥିବା ବେଳେ ପୃଥବୀରେ ମହିଳା ଆତ୍ମହତ୍ୟାର ୩୭ ପ୍ରତିଶତ ଓ ପୁରୁଷ ମାନଙ୍କ ମଧ୍ୟରେ ହେଉଥିବା ଆତ୍ମହତ୍ୟାର ୨୪ ପ୍ରତିଶତ ଏ ଦେଶରେ ଘଟୁଛି। ଅର୍ଥାତ୍ ପୃଥିବୀରେ ଆତ୍ମହତ୍ୟା କରୁଥିବା ପ୍ରତି ୩ଜଣ ମହିଳାଙ୍କ ମଧ୍ୟରୁ ଜଣେ ଓ ପ୍ରତି ୪ଜଣ ପୁରୁଷଙ୍କ ମଧ୍ୟରୁ ଜଣେ ହେଲେ ଭାରତୀୟ। ଏହି ଅନୁଧ୍ୟାନରେ ଭାରତ ସରକାର ଓ ଦେଶର ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟ ତଥା ଚିକିତ୍ସା ଅନୁଷ୍ଠାନଗୁଡ଼ିକ ସାମିଲ ଥିଲେ। ଏ ଦୃଷ୍ଟିରୁ ପ୍ରକାଶିତ ତଥ୍ୟକୁ ଅସ୍ୱୀକାର କରାଯାଇପାରିବ ନାହିଁ। ଫଳାଫଳରୁ ଦେଖାଯାଉଛି ଯେ ପୁରୁଷଙ୍କ ଆତ୍ମହତ୍ୟା ହାର ଉଚ୍ଚ ଥିବାବେଳେ ତାହାଠାରୁ ଅଧିକ ହେଲା ମହିଳା ଆତ୍ମହତ୍ୟା ହାର। ପ୍ରତି ବର୍ଷ ପରି ଚଳିତ ବର୍ଷର ବାର୍ତ୍ତା ରହିଛି 'ଆତ୍ମହତ୍ୟା ବନ୍ଦ କରିବା ପାଇଁ ସମ୍ମିଳିତ କାମ କରିବା'। ଆତ୍ମହତ୍ୟା ଏକ ମନସ୍ତାତ୍ତ୍ୱିକ ତଥା ସମାଜ ବିଜ୍ଞାନ ସମ୍ପର୍କିତ ପ୍ରସଙ୍ଗ। ଏହା ଏକ ସ୍ୱାସ୍ଥ୍ୟଗତ ଚ୍ୟାଲେଞ୍ଜ। ଏହି ସମସ୍ୟାରେ ଲିଙ୍ଗଗତ ତାରତମ୍ୟକୁ ଦେଖିଲେ ଜଣାପଡୁଛି ଯେ ଭାରତୀୟ ମହିଳାଙ୍କ ମଧ୍ୟରେ ନିଜ ଜୀବନ ନେବାର ବିପଜ୍ଜନକ ଆକର୍ଷଣ ଅଧିକ। ଏହା ହୁଏତ ଲିଙ୍ଗତ ନ୍ୟୂନସ୍ଥିତ ଓ ମହିଳା ବିରୋଧୀ ପାତରଅନ୍ତର ସମସ୍ୟା ଯୋଗୁଁ ଉପୁଜୁଥାଇପାରେ। ବିକୃତିଯୁକ୍ତ ନିର୍ଯାତନା, ଘରୋଇ ହିଂସା, ଅର୍ଥନୈତିକ ସୁଯୋଗ ଓ ସ୍ୱାଧୀନତାର ଅଭାବ, ଚିକିତ୍ସା ସୁବିଧା ନମିଳିବା ବିଶେଷ ଭାବରେ ମାନସିକ ସ୍ୱାସ୍ଥ୍ୟ କ୍ଷେତ୍ରରେ ଚିକିତ୍ସା ଓ ପରାମର୍ଶର ଅଭାବ ଆଦି କାରଣ ମହିଳାଙ୍କ ପାଇଁ ଜୀବନକୁ ଅଧିକ ଦୁର୍ବିସହ କରୁଥାଇପାରେ। ଏପରିକି ମହିଳାଙ୍କର ଶିକ୍ଷା ଓ ଅର୍ଥନୈତିକ ସ୍ୱାଧୀନତାରେ ପ୍ରଗତି ସତ୍ତ୍ୱେ ସାମାଜିକ ଓ ପାରିବାରିକ ପକ୍ଷପାତିତା ତଥା ଅତ୍ୟାଚାର ଅବ୍ୟାହତ ରହୁଛି। ଏଣୁ ମହିଳାଙ୍କ ପାଇଁ ସବୁଶ୍ରେଣୀରେ ଜୀବନର ସ୍ଥିତି ଅସମାନ। ବିବାହିତା ମହିଳାଙ୍କ ମଧ୍ୟରେ ଆତ୍ମହତ୍ୟା ପ୍ରବଣତା ବେଶୀ। କାରଣ ସେମାନେ ବୈବାହିକ ଜୀବନରେ ବେଶୀ ଅଶାନ୍ତି ଭୋଗୁଛନ୍ତି। ପୁରୁଷଙ୍କ ଅପେକ୍ଷା ସେମାନଙ୍କ ଲାଗି ବେଶୀ ପାରିବାରିକ ସମସ୍ୟା ରହୁଛି। ଦେଶରେ ୧୫ରୁ ୩୯ ବର୍ଷର ମହିଳାଙ୍କ ମଧ୍ୟରେ ଆତ୍ମହତ୍ୟା ଅଧିକ ସାଧାରଣ। ଅନ୍ୟ ବୟସ ଶ୍ରେଣୀ ଅପେକ୍ଷା ବିବାହିତ ଯୁବତୀଙ୍କ ମଧ୍ୟରେ ଆତ୍ମହତ୍ୟା ହାର ଅଧିକ। ବିଶ୍ୱରେ ୧୯୯୦ ଦଶକରେ ଯେତିକି ଆତ୍ମହତ୍ୟା ହେଉଥିଲା ସେଥିରେ ମହିଳାଙ୍କ ଅଂଶ ୨୫.୩ ପ୍ରତିଶତ ଥିଲା। ୨୦୨୨ରେ ତାହା ୩୯.୮ ପ୍ରତିଶତକୁ ବୃଦ୍ଧି ପାଇଛି। ତାର ଅର୍ଥ ସମଗ୍ର ପୃଥିବୀରେ ମହିଳା ଆତ୍ମହତ୍ୟା ବଢୁଛି। ଏହାର ଅନ୍ୟ ଏକ ଅର୍ଥ ଦେଖିବାକୁ ଗଲେ ଏହି ସମୟ ଭିତରେ ଅର୍ଥନୈତିକ ପ୍ରଗତି ତ୍ୱରାନ୍ୱିତ ହୋଇଥିବା ସତ୍ତ୍ୱେ ମହିଳାଙ୍କ ଦୁଃଖ ଓ ମୃତ୍ୟୁ ମଧ୍ୟ ବେଶୀ ହୋଇଛି। କୁହାଯାଇପାରେ ଯେ ଆର୍ଥିକ ପ୍ରଗତି ଯୋଗୁଁ ମହିଳାଙ୍କ ଉପରେ ଚାପ ବଢ଼ିଛି। ଏହି ସମୟ ଭିତରେ ପୁରୁଷ ପ୍ରଧାନ ଦୃଷ୍ଟିଭଙ୍ଗୀ କଠୋର ହେବା ସାଙ୍ଗକୁ ମହିଳାଙ୍କ ପ୍ରତି ନିର୍ଯାତନା ଅଧିକ ହୋଇଛି କି? ୨୦୧୭ରେ ବିଶ୍ୱ ବ୍ୟାଙ୍କ ରିପୋର୍ଟରେ ପ୍ରକାଶ ପାଇଛି ଯେ ଭାରତରେ କର୍ମଜୀବୀ ଶ୍ରେଣୀରେ ମହିଳାଙ୍କ ସମ୍ପୃକ୍ତି ଗତ କିଛି ବର୍ଷ ଭିତରେ କମି ଆସିଛି। ବିଶ୍ୱସ୍ତରରେ ଏ କ୍ଷେତ୍ରରେ ଯେଉଁ ୧୩୧ଟି ଦେଶକୁ ନେଇ ସୂଚୀ ପ୍ରସ୍ତୁତ କରାଯାଇଛି ସେଥିରେ ଭାରତର ସ୍ଥାନ ୧୨୦। ତାର ଅର୍ଥ ଭାରତରେ ମହିଳାଙ୍କ ପାଇଁ ଆର୍ଥିକ ସୁଯୋଗ ନିଯୁକ୍ତି ଆକାରରେ ସଂକୁଚିତ ହୋଇଯାଇଛି। ଯେତିକି ନିଯୁକ୍ତି ସୃଷ୍ଟି ହେଉଛି ତାର ବିଶେଷ ଭାଗ ପୁରୁଷଙ୍କ ପାଖକୁ ଯାଉଛି। ପରିବାର ବା ସମାଜର ସମର୍ଥନ ଥିବା ପାରମ୍ପରିକ ଢ଼ାଞ୍ଚା ମଧ୍ୟ ଅର୍ଥନୈତିକ ପ୍ରଗତିର ଧାରାରେ ଦୁର୍ବଳ ହୋଇଗଲାଣି। ତାହା ମହିଳାଙ୍କ ପାଇଁ ବେଶୀ କ୍ଷତିକାରକ। ଆଗରୁ ମହିଳାମାନେ ଘରୁ ଆପାତତଃ ସୁରକ୍ଷା ପାଉଥିଲେ। ସମୟ ବଦଳୁଥିଲେ ବି ସେମାନଙ୍କୁ ଅଧିକ ନିଯୁକ୍ତି ସୁଯୋଗ ଦେଇ ସେମାନଙ୍କ ପାଇଁ ଅର୍ଥନୈତିକ ସ୍ୱାଧୀନତାର ବ୍ୟବସ୍ଥା କରିବା ସହ ପରିବାର ବି ମହିଳାଙ୍କୁ ପୂର୍ଣ୍ଣ ସମର୍ଥନ ଦେବା ଲୋଡ଼ା। ମହିଳା ଦୁର୍ବଳ ହୋଇଗଲେ ପରିବାର ତଥା ସମାଜର ସ୍ଥିତି ଖରାପ ହୋଇଯିବ।

ମାନସିକ ରୋଗ ବିଶେଷଜ୍ଞ, ଦି'ବ୍ରେନ,
ପୁରୀଘାଟ ରୋଡ଼, କଟକ,
ଦୂରଭାଷ : ୯୧୩୨୪୩୩୩୩୩

# ସିପାହୀ ବିଦ୍ରୋହର ପ୍ରଥମ ସହିଦ : ମଙ୍ଗଳ ପାଣ୍ଡେ



ଗୋପୀନାଥ ଦାଶ

ସିପାହୀ ବିଦ୍ରୋହର ପ୍ରଥମ ସହିଦ କହିଲେ ମଙ୍ଗଳ ପାଣ୍ଡେଙ୍କୁ ବୁଝାଯାଏ । ସେ ବ୍ରିଟିଶ ସେନାରେ ସାଧାରଣ ସୈନିକ ଭାବେ ଚାକିରି କରିଥିଲେ । ପରେ ସେନା ବାହିନୀରେ ଚାଲିଥିବା ହିନ୍ଦୁ-ମୁସଲମାନ ବିରୋଧୀ କାର୍ଯ୍ୟକଳାପଗୁଡ଼ିକୁ ପସନ୍ଦ କରି ନପାରି, ବିଦ୍ରୋହୀ ହୋଇଉଠିଥିଲେ । ଉପରିସ୍ଥ କର୍ମଚାରୀମାନଙ୍କ ନିର୍ଦ୍ଦେଶ ପାଳନ ନକରିବା ପାଇଁ ସିପାହୀମାନଙ୍କୁ ଆହ୍ୱାନ ଦେଇ ସେ ବ୍ରିଟିଶ ସେନା ଅଫିସରମାନଙ୍କ ବିଷ ଦୃଷ୍ଟିରେ ପଡ଼ିଥିଲେ । ଏହାର ପରିଣାମ ସ୍ୱରୂପ ସେ ଅସ୍ତ୍ର ଧାରଣ କରି ଦୁଇ ଜଣ ବ୍ରିଟିଶ ସେନା ଅଧିକାରୀଙ୍କୁ ହତ୍ୟା ଉଦ୍ୟମ କରି ଗିରଫ ହୋଇଥିଲେ । ବିଚାର ପରେ ତାଙ୍କୁ ମୃତ୍ୟୁଦଣ୍ଡ ପ୍ରଦାନ କରାଯାଇଥିଲା । ତତ୍କାଳୀନ ଆଗରା ଓ ଅଓ୍ୱଧ ରାଜ୍ୟ ଅନ୍ତର୍ଗତ ବଲିୟାର ନାଗଓ୍ୱା ଗ୍ରାମର ଏକ ଭୂମିହାର ବ୍ରାହ୍ମଣ ପରିବାରରେ ମଙ୍ଗଳ ଜନ୍ମ ହୋଇଥିଲେ । ଅଠର ବର୍ଷ ବୟସରେ ସେ ଇଷ୍ଟ ଇଣ୍ଡିଆ କମ୍ପାନୀର ସେନା ବାହିନୀରେ ଯୋଗଦେଇଥିଲେ । ୩୪ ବେଙ୍ଗଲ ନେଟିଭ୍ ଇନ୍‌ଫାଣ୍ଟ୍ରିରେ କାମ କରୁଥିବା ବେଳେ ସେ ଏନ୍‌ଫିଲଡ୍ ରାଇଫଲରେ ବ୍ୟବହାର କରାଯାଉଥିବା ଗୁଳି ଗ୍ରହଣ ନକରିବା ପାଇଁ ମନା କରିଦେଇଥିଲେ । ଗୁଳିରେ ଗାଈ ଓ ଘୁଷୁରି ଚର୍ବି ବ୍ୟବହାର କରାଯାଉଥିଲା । ଏହା ଦ୍ୱାରା ଧର୍ମ ନଷ୍ଟ ହେବାର ଆଶଙ୍କା ଯୋଗୁଁ ସେ ବିରୋଧ କରିଥିଲେ । ଶାନ୍ତିପୂର୍ଣ୍ଣ ପ୍ରତିବାଦ କ୍ରମେ ହିଂସାତ୍ମକ ହୋଇଥିଲା ଏବଂ ରାଗରେ ସେ ଜନୈକ ଲେଫ୍‌ଟନାଣ୍ଟ ବଗ ଓ ସର୍ଜେଣ୍ଟ ମେଜର୍ ହ୍ୟୁସନ୍‌ଙ୍କୁ ହତ୍ୟା କରିବା ପାଇଁ ଗୁଳି ଚଳାଇଥିଲେ । ଗୁଳି ଲକ୍ଷ୍ୟ ଭ୍ରଷ୍ଟ ହେବା ପରେ ମଙ୍ଗଳ ତରବାରିରେ ଆକ୍ରମଣ କରିଥିଲେ । ତେବେ ଦୁହେଁ ବର୍ତ୍ତି ଯାଇଥିଲେ । ମଙ୍ଗଳଙ୍କୁ ସମର୍ଥନ ଦେଇଥିଲେ ଜିମାଦାର ଈଶ୍ୱରୀ ପ୍ରସାଦ । ୧୮୫୭ ଏପ୍ରିଲ ଆଜିର ଦିନରେ ବାରକପୁରରେ ମଙ୍ଗଳଙ୍କୁ ଫାଶୀ ଦିଆଯାଇଥିଲା । ତେର ଦିନ ପରେ ଈଶ୍ୱରୀଙ୍କୁ ମଧ୍ୟ ଫାଶୀ ଖୁଣ୍ଟରେ ଝୁଲାଇ ଦିଆଯାଇଥିଲା । ମଙ୍ଗଳଙ୍କୁ ଯେଉଁଠାରେ ଫାଶୀ ଦିଆଯାଇଥିଲା ଏବେ ସେଠାରେ ରହିଛି ତାଙ୍କ ସ୍ମୃତିରେ ବିକଶିତ ସହିଦ ମଙ୍ଗଳ ପାଣ୍ଡେ ମହା ଉଦ୍ୟାନ । ଭାରତ ସରକାର ୧୯୮୪ରେ ତାଙ୍କ ନାମରେ ଏକ ଡାକ ଟିକେଟ୍ ପ୍ରଚଳନ ପୂର୍ବକ ତାଙ୍କୁ ସମ୍ମାନିତ କରିଥିଲେ ।

କ୍ରୀଡ଼ା ଶିକ୍ଷକ, ହରିହରାନନ୍ଦ ବାଳାଶ୍ରମ,
ଅରୁଆ କଦଳୀବଣ,
ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡ଼ା,
ଦୂରଭାଷ : ୮୮୯୫୨୯୬୧୬୭

# ଗୁଣାତ୍ମକ ସାହିତ୍ୟ ଓ ଗୁଣଗ୍ରାହୀ ପ୍ରକାଶକଙ୍କ ସଂଖ୍ୟା କମିବାରେ ଲାଗିଛି



ଉମାଶଙ୍କର ପ୍ରସାଦ

ଆଜିର ଇଟଂରନେଟ୍ ଯୁଗରେ ଗୁଣାତ୍ମକ ସାହିତ୍ୟ, ଗୁଣଗ୍ରାହୀ ପ୍ରକାଶକ ତଥା ଓଡିଆ ଭାଷାର ପାଠକଙ୍କ ସଂଖ୍ୟା ଦୃତ ଗତିରେ ହ୍ରାସ ପାଇବାରେ ଲାଗିଛି। ଇଂରେଜ ପ୍ରୀତି ଦୃତ ଗତିରେ ବଢିବା ସହ ଇଂରାଜୀ ମାଧ୍ୟମ ସ୍କୁଲ ଛତୁ ଫୁଟିଲାପରି ଫୁଟି ଉଠୁଛି। ଓଡିଆ ମାଧ୍ୟମରେ ପିଲାଙ୍କ ଉପସ୍ଥାନ ଅତି ନଗଣ୍ୟ। ବର୍ଷକୁ ଲକ୍ଷାଧିକ ଟଙ୍କା ଫିସ୍ ଭରଣା କରି ଇଂଲିଶ୍ ମାଧ୍ୟମ ସ୍କୁଲରେ ଅଭିଭାବକମାନେ ନିଜର ପିଲାମାନଙ୍କୁ ପଢାଉଛନ୍ତି। ଓଡିଆ ପାଠକ ସଂଖ୍ୟା ଦିନକୁ ଦିନ କମିବାରେ ଲାଗିଛି, ମାତ୍ର ସବୁମାସରେ ଅନେକ ଗଳ୍ପ ଓ କବିତା ବହିର ଲୋକାର୍ପଣ ବୈଦ୍ୟୁତିକ ଗଣମାଧ୍ୟମରେ ଦେଖିବାକୁ ମିଳୁଛି। ଯଦି ପରିସଂଖ୍ୟାନ ନିଆଯାଏ, ତେବେ ବାର୍ଷିକ ୭୦୦୦ରୁ ୮୦୦୦ବହିର ଲୋକାର୍ପଣ ହେଉଛି। ଦିନେ ଏପରି ସ୍ୱର୍ଗତଃ ବରେନ୍ଦ୍ର କୃଷ୍ଣ ଧଳ ବରୀଭାଇନାଙ୍କ ସହ ବାର୍ତାଳାପ ସମୟରେ ସେ ମୋର ଗୋଟିଏ ପ୍ରଶ୍ନର ଉତରରେ କହିଥିଲେ, ଭୁବନେଶ୍ୱର ପୁସ୍ତକମେଳା ଉଦ୍ଦେଶ୍ୟରେ ହାରାହାରି ୪୦୦୦ ବହି ପ୍ରକାଶିତ ହୋଇଥାଏ। ମାତ୍ର ଏହି ଲୋକାର୍ପଣରେ ପ୍ରକାଶିତ ୯୫ଭାଗ ପୁସ୍ତକ ଲବ୍ଧ ପ୍ରତିଷ୍ଠିତ ଲେଖକମାନଙ୍କର ନୁହେଁ। ଏଥିରେ ଅନେକ ଲେଖକ ସେମାନଙ୍କ ହାତରୁ ପଇସା ଖର୍ଚ୍ଚ କରି କେଉଁ ଅନାମଧେୟ ପ୍ରକାଶକଙ୍କ ବ୍ୟାନରରେ ଛପାଇଥାନ୍ତି, ବଡ ଆଶ୍ଚର୍ଯ୍ୟର କଥା ଏହା ଯେ, କେତେକ ବ୍ୟକ୍ତି ବିଶେଷ ଯାହାଙ୍କର ସାହିତ୍ୟରେ 'ସ' ଅକ୍ଷର ଧାରଣା ନାହିଁ, ସେମାନେ ଗୋଟେ ଗୋଟେ ପ୍ରକାଶନ ସଂସ୍ଥା ଗଢି ଲେଖକମାନଙ୍କଠାରୁ ଟଙ୍କାନେଇ ବହି ଛପାଇଥାନ୍ତି। ଛାପାଖର୍ଚ୍ଚ ବାଦେ ସେମାନେ ଅଧିକ ଅର୍ଥ ଲେଖକଙ୍କଠାରୁ ଆଣିଥାନ୍ତି। ସେମାନଙ୍କର ତ ଦୋକାନ ନାହିଁ। ଦୈବାତ୍ ଯଦି କାହା ବହି ରାଜା ରାମ ମୋହନ ଲାଇବ୍ରେରୀ ପାଇଁ ଚୟନ ହୁଏ, ତେବେ ଲାଭ କଚେ ପୁଅ ବାର।

ଗୁଣାତ୍ମକ ସାହିତ୍ୟ ଦାମ୍ ଅନୁସାରେ ନ ହେଉ ମାତ୍ର ଗୁଣ ଅନୁସାରେ ମୂଲ୍ୟବାନ। ଗୁଣ ବିହୀନ ସାହିତ୍ୟକୁ ପାଠକ ଶସ୍ତା ନ କହି ଆଉ କ'ଣ କହିବେ ? ଆପଣ ଶୁଣିଲେ ଆଶ୍ଚର୍ଯ୍ୟ ହେବେ, ମୋତେ ପ୍ରାୟ ମୋର "ମାର୍ଗଦର୍ଶୀ" କାଗଜ ପ୍ରକାଶନ ସମୟରେ ଜଣେ ଶସ୍ତା ସାହିତ୍ୟିକ ବା ଲେଖକ କହିଥିଲେ, ଆଜ୍ଞା ! ଲବ୍ଧ ପ୍ରତିଷ୍ଠିତ ଲେଖକ ଗୋପୀନାଥ ମହାନ୍ତିଙ୍କ ଉପନ୍ୟାସ ବହି ଦୋକାନରେ ଥୁଆ ହୋଇ ରହୁଛି, ମାତ୍ର ମୋର ଉପନ୍ୟାସ ବର୍ଷକରେ ହଜାରଠୁ ଅଧିକ ବିକ୍ରି ହେଉଛି। ମୋତେ ବ ଆଚମ୍ଭିତ ଲାଗିଲା। ୧୩୦ ଟଙ୍କା ଦେଇ ଉପନ୍ୟାସଟି ଆଣିଲି, ଯେତେବେଳେ ପଢିବାକୁ ଆରମ୍ଭ କଲି, ସେତେବେଳେ ପ୍ରଥମ ବିଷୟରୁ ପ୍ରଳମ୍ଭ ଅଶୁଦ୍ଧି। ସେଥିରେ ବର୍ଣ୍ଣିତ ବିଷୟବସ୍ତୁର ନା ଧାଡି ଅଛି ନା ନାଡି। ସେଥିରେ ବିଷୟବସ୍ତୁ ବଜାରରେ ବ୍ଲୁ ସିଡି ବିକ୍ରୟ ସଦୃଶ। ତେଣୁ ଆଜିକାର ଯୁବକ, ଯୁବତୀଙ୍କ ତାହା ଆଦରଣୀୟ ହୋଇପାରେ। ମୁଁ ତାଙ୍କୁ କହିଲି, ମହାଶୟ ! ଆପଣ ନିଜକୁ ଗୋପୀନାଥ ମହାନ୍ତିଙ୍କଠୁ ଶ୍ରେୟ ମନେ କରୁଛନ୍ତି, ମାତ୍ର ଆପଣଙ୍କ ଉପନ୍ୟାସ ପଢି ଦେଶର ଭବିଷ୍ୟ ପୀଢିଙ୍କର ଅଧୋଗତି ହେବ। ବର୍ତମାନ ସତ କହିବାକୁ ଗଲେ, ଆଜିର ସାହିତ୍ୟ କେବଳ ଅର୍ବାଚୀନ, ମନ୍ଦ, ଯଶ ପ୍ରାର୍ଥୀ ଓ ବିଜ୍ଞାପନ ସର୍ବସ୍ୱ ଲେଖକ ଆମ ସାହିତ୍ୟକୁ ଶସ୍ତା କରିଦେଉଛନ୍ତି, ଯାହାଫଳରେ ସୁଧୀ ପାଠକମାନଙ୍କର ପଠନ ରୁଚି କମିଯାଉଛି। ଏହି ପ୍ରସଙ୍ଗରେ ଆନ୍ତର୍ଜାତିକ ଖ୍ୟାତି ସମ୍ପନ୍ନ ମନୋଜ ଦାସଙ୍କ ପ୍ରବନ୍ଧ ସ୍ମରଣୀୟ। ସେ ଥରେ ଶତାୟୁ, ଗତାୟୁ ସାହିତ୍ୟିକ, ରାଜନେତା ନିତ୍ୟାନନ୍ଦ ମହାପାତ୍ରଙ୍କ ସମ୍ବର୍ଦ୍ଧନା ଉତ୍ସବରେ କହିଥିଲେ- "ଆମ ସାହିତ୍ୟିକମାନେ ସାହିତ୍ୟର ଶତ୍ରୁ"। ପରେ ପରେ ବିଭିନ୍ନ ଖବର କାଗଜରେ ତାଙ୍କର ପ୍ରଦତ ଭାଷଣ ଏଇ ଶୀର୍ଷକରେ ପ୍ରକାଶିତ ହୋଇଥିଲା।

ଆଜିର ଆଧୁନିକ ଯୁଗରେ ଆଲବମ୍ ଗୀତ, ନାଚ, ନଗ୍ନତା, ଦ୍ୱିଅର୍ଥବୋଧକ ଗୀତ, ସବୁ ସଙ୍ଗୀତର, ନୃତ୍ୟର, ସଂସ୍କୃତିର ଓ ସାହିତ୍ୟର ମୂଲ୍ୟ କମାଇ ଦେଉଛି। ସେହିପରି ମୂଲ୍ୟହୀନ ସାହିତ୍ୟ ବହି ସାହିତ୍ୟର ମୂଲ୍ୟ କମାଇ ଦେଉଛି, ଫଳରେ ଉଚ୍ଚକୋଟୀର ସାହିତ୍ୟ ପ୍ରକାଶନ ପାଇଁ ପ୍ରକାଶକ ଅଧିକାଂଶ ରାଜି ହେଉନାହାଁନ୍ତି। "ଓଡିଆ ଗାଇ ମୁହଁରେ ପରବାଡିର ଘାସ ଲାଗିଲା ପରି ପଇସା ପାଇ ବହି ଛାପିବା ଦ୍ୱାରା ବିନା ପଇସାରେ ଭଲ ବହି ଛାପିବାକୁ କ୍ୱଚିତ୍ ପ୍ରକାଶକ ରାଜି ହେଉଛନ୍ତି", ତେଣୁ ଉଚ୍ଚକୋଟୀର ସାହିତ୍ୟ ଉତ୍ପାଦନ କମ୍ ହେତୁ ଦାମ୍‌ରେ ମହଙ୍ଗା ନ ହୋଇ ଗୁଣ ଗ୍ରହଣରେ ମହଙ୍ଗା ହେଉଛି। ସାହିତ୍ୟ ଯଦି ମଣିଷ ଚରିତ୍ର, ସମାଜ ଚିତ୍ର, ସଂସ୍କୃତିର ଔଚିତ୍ୟ, ମନସ୍ତାତ୍ୱିକ ବିଶ୍ଳେଷଣ ଭାଷାଗତ ସୌଷ୍ଟବ ଏବଂ ଶେଷରେ ସମାଜ ପ୍ରତି କିଛି ସନ୍ଦେଶ ନ ରହିବ ସେ ସାହିତ୍ୟ ଶସ୍ତାଶ୍ରେଣୀରେ ଯିବ ନାହିଁ କି ? କୌଣସି ଜିନିଷର ପ୍ରତିଯୋଗୀତା ହେଲେ, ଦାମ କମିଗଲା ପରି ବର୍ତମାନ ସାହିତ୍ୟ ବହିର ପ୍ରତିଯୋଗୀତାରେ ଗୁଣାତ୍ମକ ସାହିତ୍ୟ ଅନାଦୃତ ହେଉଛି। ଫଳ ଯାହା ଅଗ୍ରେ ଧାବତି ଧାବତି। କବି ସୂର୍ଯ୍ୟ ନିଜ କବିତାରେ ଲେଖିଲେ:-

"କବି ହୋଇଗଲେ ଜଗତ୍ରଲୋକେ
ରବି ହୋଇଗଲେ ଜ୍ୟୋତିରଙ୍ଗଣ ପୋକେ
ହବି ହୋଇଗଲା ପୁଳିନ୍ଦପେଜ
ପବି ହୋଇଗଲା ମୃଣାଳ ବ୍ରଜ" ।।
ଯିଏ ଯାହା ଲେଖିଲେ ଲେଖକ ହେଲେ
ହାତୁ ଖର୍ଚ୍ଚ କରି ବହିଛାପିଲେ
ବକ୍ତାଙ୍କ ଭାଷଣେ ଉଚ୍ଚେ ଉଠିଲେ
ଆମ ଆଦମୀକୁ ବନାଇ ଓଲା
ଦି ଚାରି ବହିରେ ସାହିତ୍ୟିକ ହେଲେ।।

ଶେଷରେ ଏତିକି କହିବି ସୃଜନଶୀଳତା ପ୍ରଜ୍ଞା, ପ୍ରତିଭା ଓ ପ୍ରଣୋଦନାର ଅପେକ୍ଷା ରଖେ। ପ୍ରଜ୍ଞାଦୀପ୍ତ ମନୋଭୂମିରେ ସୃଜନସ୍ୱପ୍ନ ନୂଆ ନୂଆ ରୂପେ ବିକଶିତ ହେଲେ ପ୍ରତିଭା କୋଟିକୁ ଉନ୍ନୀତ ହୁଏ। ସମୀକ୍ଷା ଶାସ୍ତ୍ରରେ ତ ନବ ନବ ଉନ୍ମେଷଶାଳିନୀ ପ୍ରଜ୍ଞାକୁ ହିଁ ପ୍ରତିଭା କୁହାଯାଏ। ଏଇ ପ୍ରତିଭା ଯେତେବେଳେ ପ୍ରେରଣା ଭୂମିରେ ପାଦଥାପେ, ସେତେବେଳେ ହିଁ କବିତା ବା ସୃଜନଧର୍ମୀ ଲେଖାଟିଏ ଉଷାପରି ଆସି ମନକୁ ରଙ୍ଗେଇ ଦିଏ। ବ୍ୟକ୍ତି ମଣିଷଟିଏ କବି ବା ସର୍ଜନଶୀଳ ଲେଖକୀୟ ସତା ବନିଯାଏ।

ସୃଜନଶୀଳତା ପାଇଁ ମା' ମନ ଲୋଡା। ମା' ମନ ନ ଥିଲେ କେହି କେବେ କବି, ଲେଖକ, ସାହିତ୍ୟିକ ହୋଇପାରେନା। ମା' ଗର୍ଭରେ ଯେପରି ଭ୍ରୂଣ ସଂଚ୍ଚର ଘଟି ବିଭିନ୍ନ ପର୍ଯ୍ୟାୟ ଦେଇ ତାହା ସନ୍ତାନ ରୂପ ନେଇ ଜନ୍ମେ, ଲେଖାଟିଏ ମଧ୍ୟ ନାନା ଘାତ ପ୍ରତିଘାତ ନେଇ ଅକ୍ଷରରୂପ ନେବା ସହ ମାନବ ଶିଶୁପରି ଲାଳନପାଳନକୁ ନ ଚାହିଁ ଜନ୍ମ ନେଲାମାତ୍ରେ ସ୍ୱୟଂବରା ହେବାକୁ ଚାହେଁ, ପାଠକମାନେ ହିଁ ତା'ର ସ୍ୱୟଂବରାକାମୀ ରାଜକୁମାର ବର୍ଗ। ଏଣୁ ସର୍ଜନଶୀଳ ବ୍ୟାପାର ଗର୍ଜନରୁ ତର୍ଜନ ନୁହେଁ। ଯେତେବେଳେ ଲେଖାଟି ଗର୍ଜନ ମୁଖର ହୁଏ, ସେତେବେଳେ ଅବଶ୍ୟ କିଛି ହଟ ଚମଟ ସୃଷ୍ଟି କରିଥାଏ; କିନ୍ତୁ ସମୟକ୍ରମେ ତାହା ତୃପ୍ତି ନ ଦେଇ ଅତୃପ୍ତିର ହେତୁ ହୋଇଥାଏ। ଆଜିକାର ସାହିତ୍ୟ ସେହି ସ୍ତରରେ ପହଂଚିଛି, ତେଣୁ ଉତମ ତଥା ସୃଜନ ସାହିତ୍ୟ ପାଇଁ ପ୍ରଜ୍ଞା ପ୍ରତିଭାବନ ପାଠକର ଆବଶ୍ୟକତା ଅଛି।

*ସ୍ତମ୍ଭକାର,ଖୋର୍ଦ୍ଧା*
*ମୋ.ନଂ-୬୩୭୦୬୭୫୫୬୨*

# ଇତିହାସରେ ଆମ ଶାସନ ଓ ସ୍ୱାଧିନତା



ଅକ୍ଷୟ କୁମାର ରାଉତ

ଆମ ଦେଶ ଭାରତ , ତାର ସଭ୍ୟତା ଅତି ପ୍ରାଚୀନ। ଯାହାର ଉତର ରେ ହିମାଳୟ . ଦକ୍ଷିଣ ରେ ଭାରତ ମହାସାଗର , ପୂର୍ବ ଦିଗରେ ବଙ୍ଗୋପ ସାଗର (କଳିଙ୍ଗସାଗର) ପଶ୍ଚିମରେ ଆରବ ସାଗର , ହଜାର ହଜାର ବର୍ଷ ତଳେ ଏକ ସଭ୍ୟତା ମୁଣ୍ଡ ଟେକିଥିଲା। ଭାରତ ର ସିନ୍ଧୁନଦୀ କୂଳରେ ହଜାର ହଜାର ବର୍ଷ ତଳେ ଦ୍ରାବିଡ଼ ସଭ୍ୟତା ନାମରେ ଏକ ସଭ୍ୟତା ଗଢ଼ି ଉଠିଥିଲା । ଭାରତ ବର୍ଷର ବୈଭବ ,ସଭ୍ୟତା ଓ ସଂକୃତି ରେ ଆକୃଷ୍ଟ ହୋଇ ବହୁ ବର୍ଷ ତଳେ ମଧ୍ୟ ଏସିଆରୁ ଦଳ ଦଳ ଆର୍ଯ୍ୟ ଭାରତ ଭିତର କୁ ପଶି ଆସିଲେ । ଉଭୟ ଙ୍କ ମଧ୍ୟରେ ଯୁଦ୍ଧ ହେଲା ପରେ ମିଳିମିଶି ଚଳିଲେ , ଫଳରେ ଏକ ନୂତନ ସଭ୍ୟତା ଗଢ଼ି ଉଠିଲା।

ଭାରତ କୁ ଆକ୍ରମଣ କଲେ ପାରସ୍ୟର ରାଜା ସାଇରସ୍ ଓ ତାଙ୍କର ପୁଅ ଡ଼େରାୟସ । ସେମାନେ ଭାରତର ଶାସନ ବେଶି ଦିନ ରଖି ପାରିଲେ ନାହିଁ । କେତେକ ପାରସ୍ୟିକ ଭାରତରେ ରହିଗଲେ । ଏହା ପରେ ଗ୍ରୀକ୍ ବୀର ଆଲେକଜାଣ୍ଡାର ଭାରତ ଆକ୍ରମଣ କଲେ । ଭାରତ କୁ ବେଶିଦିନ ହାତରେ ରଖି ପାରି ନ ଥିଲେ । କିଛି ଗ୍ରୀକ୍ ଭାରତୀୟ ଙ୍କ ସହିତ ରହି ମିଳିମିଶି ଚଳିଲେ। ତାପରେ ଆମ ଦେଶ କିଛି ଭାରତୀୟ ଓ ବିଦେଶୀ ମାନଙ୍କ ଦ୍ୱାରା ଶାସନ ହେଲା ଯଥା- ଶକ୍ , ପଲ୍ଲବ ,ଇଉଚି ,ହୁଣ , କୃଶାଣ , ଗୁର୍ଜ୍ଜର ଓ ତାତାର ମାନଙ୍କ ଦ୍ୱାରା , ପରେ ଆରବୀୟ ମାନେ ଆସିଲେ । ତୁର୍କୀ ଓ ଘୋର ବଂଶଜ ମୁସଲମାନ ମାନେ ଆସି ଭାରତ କୁ ଦଖଲ କରି ଶାସନ କଲେ ଓ ରହିଗଲେ । ତାପରେ କାବୁଲ ରୁ ମୋଗଲ ମାନେ ଆସି ଭାରତକୁ ଅଧିକାର କରି ଶାସନ ଚଳାଇଲେ । ସେମାନେ ଭାରତ କୁ ଭଲପାଇ ଭାରତରେ ରହିଗଲେ। ଏହାପରେ ଭାରତକୁ ଇଉରୋପରୁ ଆସିଲେ ପର୍ତୁଗୀଜ , ଓଲନ୍ଦାଜ . ଦିନାମାର , ଫରାସି ଓ ଇଂରେଜ ମାନେ , ସେମାନେ ବାଣିଜ୍ୟ କରିବାକୁ ଆସି ନିଜ ନିଜ ଭିତରେ ପ୍ରତିଯୋଗିତା ଆରମ୍ଭ କରି ଦେଲେ । ପର୍ତୁଗୀଜ ମାନଙ୍କ ହାତରେ ରହିଗଲା ଗୋଆ , ନାମନ ଓ ଡ଼ିଉ । ଫରାସୀ ମାନଙ୍କ ହାତରେ ରହିଗଲା ପଣ୍ଡିଚେରୀ ,ମାହେ ଓ ଚନ୍ଦନ ନଗର , ଇଂରେଜ ମାନଙ୍କ ହାତରେ ରହିଲା ମାନ୍ଦ୍ରାଜ ,ବମ୍ବେ ଓ କଲିକଟ୍ ।

ଇଂରେଜ ମାନେ ଇଷ୍ଟଇଣ୍ଡିଆ କମ୍ପାନୀ ଗଠନ କରି ବାଣିଜ୍ୟ କରୁକରୁ ରାଜନୀତରେ ପଶିଲେ । ସେତେ ବେଳେ ଭାରତରେ ବହୁତ ରାଜା ଓ ନବାବ୍ ଥିଲେ । ସେମାନଙ୍କ ମଧ୍ୟରେ ଏକତା ନ ଥିଲା । ଏହି ସୁଯୋଗରେ ଇଂରେଜ ମାନେ ବଙ୍ଗଳାର କାଳିଘାଟ ,ସୁତାନଟୀ ଓ ଗୋବିନ୍ଦପୁର ଠାରେ ବାଣିଜ୍ୟ କୋଠି ତିଆରୀ କଲେ । ସେହି ଗାଆଁ ତିନୋଟି କୁ କଲିକତା ନାମ ଦେଇ ସେଠାରେ ଏକ ଦୁର୍ଗ ତିଆରି କରି ନାମ ଦେଲେ ଫୋର୍ଟ ଇଉଲିୟମ୍ ।

ବଙ୍ଗର ନବାବ ସିରାଜଦ୍ଦୌଲା ଇଂରେଜ ମାନଙ୍କୁ ତଡ଼ିବାକୁ ଲାଗିଲେ ଫଳରେ ଉଭୟଙ୍କ ମଧ୍ୟରେ ପଲାସୀ ଠାରେ ଯୁଦ୍ଧ ହେଲା । ସେନାପତି ମିରର୍ଜଫରଙ୍କ ବିଶ୍ୱାସଘାତକତା ଯୋଗୁ ବଙ୍ଗର ନବାବ ପରାସ୍ତ ହେଲେ ଓ ମିରର୍ଜାଫରଙ୍କ ପୁଅ ଦ୍ୱାରା ନିହତ ହେଲେ । ଇଂରେଜ ମାନଙ୍କ ସହାୟତାରେ ମିରର୍ଜଫର ବଙ୍ଗର ନବାବ ହେଲେ , ପରେ ଅଧିକ ଧନ ଲୋଭରେ ଇଂରେଜ ମାନେ ମିରର୍ଜାଫରଙ୍କୁ ଗାଦିରୁ ହଟାଇ ମିର୍‌କାଶିମ୍ କୁ ବଙ୍ଗଳା ର ନବାବ କଲେ । ମିର୍‌କାଶିମ୍ ଇଂରେଜ ମାନଙ୍କୁ ମାନିଲେ ନାହିଁ । ଭାରତୀୟ ବଣିକ ମାନଙ୍କୁ ଇଂରେଜ ମାନଙ୍କ ସହିତ ଅଧିକାର ଦେଲେ । ତେଣୁ ଇଂରେଜ ମାନେ ମିରକାଶିମ୍ କୁ ଆକ୍ରମଣ କଲେ । ମିର୍‌କାଶିମ୍ ପଳେଇ ଯାଇଁ ଅଯୋଧ୍ୟା ର ନବାବ ସୁଜାଉଦ୍ଦୌଲା ଓ ଦିଲ୍ଲୀ ସମ୍ରାଟ ଶାହା ଆଲମ ଙ୍କ ସାହାର୍ଯ୍ୟ ଲୋଡ଼ିଲେ । ତିନି ଶକ୍ତି ମାନଙ୍କ ବକ୍‌ସାର ଠାରେ ଇଂରେଜ ମାନଙ୍କ ଦ୍ୱାରା ପ୍ରରାସ୍ତ ହେଲେ ଓ ମିରର୍କାଶିମ୍ ନିହତ ହେଲେ ବଙ୍ଗଳା ଇଂରେଜ ମାନଙ୍କ ହାତକୁ ଗଲା । ସୁଜାଉଦ୍ଦୌଲା ଓ ଶାହା ଆଲମ ଇଂରେଜ ମାନଙ୍କ ଶରଣ ପଶିଲେ । ତେଣୁ ଅଯୋଧ୍ୟା ଓ ଦିଲ୍ଲୀରେ ଇଂରେଜ ମାନଙ୍କ କ୍ଷମତା ବୃଦ୍ଧି ପାଇଲା । ମହୀଶ୍ୱର ର ନବାବ୍ ହାଇଦର ଅଲ୍ଲି ଓ ତାଙ୍କ ପୁଅ ଟିପୁ ସୁଲତାନ ଇଂରେଜ ମାନଙ୍କ ସହିତ ଯୁଦ୍ଧ ଚଳାଇଲେ । ଶେଷରେ ଟିପୁ ନିହତ ହେଲେ । ମହୀଶ୍ୱର ଇଂରେଜ ମାନଙ୍କ ହାତକୁ ଗଲା ।

ଇଂରେଜ ମାନେ ଗୋଟି ଚାଳନା କରି ଭାରତ ବର୍ଷର ଗୋଟିଏ ପରେ ଗୋଟିଏ ରାଜ୍ୟ ଅଧିକାର କରି ନେଲେ । ୧୮୦୩ ମସିହାରେ ଇଂରେଜ ମାନେ ଓଡ଼ିଶା ଅଧିକାର କରି ନେଲେ । ୧୮୧୭ ମସିହାରେ ଆରମ୍ଭ ହେଲା ପାଇକ୍ ବିଦ୍ରୋହ । ପାଇକ ମାନଙ୍କ ର ସେନାପତି ଥିଲେ ବକ୍ସି ଜଗବନ୍ଧୁ ବିଦ୍ୟାଧର ମହାପାତ୍ର ଓ ଜୟକୃଷ୍ଣ ରାଜଗୁରୁ । ଏମାନେ ଇଂରେଜ ଶାସନ କୁ ଦୂର କରି ଦେଇଥିଲେ । ପରେ ଇଂରେଜ ମାନେ ପାଇକ ବିଦୋହ କୁ ଦମନ କରି ଦେଲେ ।

ଇଂରେଜ ବଡ଼ଲାଟ ଲର୍ଡ଼ ଡ଼େଲହାଉସି ଏକ ନୂଆ ଆଇନ୍ ଘୋଷଣା କଲେ ଫଳରେ କୌଣସି ଭାରତୀୟ ରାଜା ପୋଷ୍ୟପୁତ୍ର ଗ୍ରହଣ କରି ପାରିବେ ନାହିଁ ।ତେଣୁ ରାଣୀ ଲକ୍ଷ୍ମୀବାଇ ଅଯୋଧ୍ୟାର ନବାବ୍ ଓ ପୁନାର ପେଶବା ନାନା ସାହେବ ରାଜ୍ୟ ହରା ହେଲେ । ଇଂରେଜ ମାନଙ୍କ ବିରୁଦ୍ଧରେ ଭାରତର ବହୁ ରାଜା ମିଳିତ ହୋଇ ସଂଗ୍ରାମ ଆରମ୍ଭ କରି ଦେଲେ । ଏମାନେ ହେଲେ ପୁନାର ପେଶବା ନାନା ସାହେବ , ରାଜା କନ୍‌ଓ୍ୱର ସିଂହ , ସମ୍ବଲପୁର ର ବୀର ସୁରେନ୍ଦ୍ର ସାଏ , ରାଣୀ ଲକ୍ଷ୍ମିବାଇ , ମରହଟ୍ଟା ବୀର ରାଓ ସାହେବ , ତାଁିଆ ତୋପି ଓ ପୁରୀ ପଣ୍ଡା ଚନ୍ଦନ ହଜୁରୀ ।

ଏହି ସମୟରେ ଏନ୍‌ଫିଲଡ଼ ବନ୍ଧୁକର ଟୋଟାକୁ ଦାଁ'ରେ ଛିଣ୍ଡାଇ ମାରିବାକୁ ପଡୁଥିଲା । ଏହି ଟୋଟାରେ ଗୋରୁ ଓ ଘୁଷୁରୀ ଚର୍ବି ଲାଗିଥିଲା । ଫଳରେ ଧର୍ମ ଯିବା ଭୟରେ ହିନ୍ଦୁ ଓ ମୁସଲମାନ ସିପାହୀ ମାନେ ବିଦ୍ରୋହ କରି ଉଠିଲେ , ବାରାକପୁର ଠାରେ ସିପାହୀ ମଙ୍ଗଳ ପାଣ୍ଡେ ଗୋରା ଅଫିସର କୁ ଗୁଳି କରି ମାରି ଦେଲେ । ତେଣୁ ମଙ୍ଗଳ ପାଣ୍ଡେଙ୍କୁ ୧୮୫୭ ମସିହା ଅପ୍ରେଲ ମାସ ଆଠ ତାରିକରେ ଇଂରେଜ ମାନେ ମୃତ୍ୟୁଦଣ୍ଡ ଦେଲେ ।

ସେଥିପାଇଁ ସିପାହୀ ମାନେ ବିଦ୍ରୋହ କରି ଦେଲେ । ୧୮୫୭ ମସିହା ମେ ମାସ ଦଶ ତାରିଖରେ ଦିଲ୍ଲୀ ଅଧିକାର କରି ନେଲେ । ବାହାଦୁର ଶାହାଙ୍କୁ ଭାରତର ସ୍ୱାଧିନ ସମ୍ରାଟ ବୋଲି ଘୋଷଣା କଲେ । ଭାରତର ଚାରିଆଡ଼େ ବିଦ୍ରେହ ସୁତ୍ରପାତ ହେଲା । ଏହା ଥିଲା ଭାରତର ଏକ ବଡ଼ ବିଦ୍ରୋହ ଯାହାକୁ ଆମେ ସିପାହୀ ବିଦ୍ରୋହ ବୋଲି ନାମିତ କରୁ ।

ରାଣୀ ଲକ୍ଷ୍ମିବାଇ ଯୁଦ୍ଧ କରୁ କରୁ ସରାଇ ଠାରେ ଗୁଳିବିଦ୍ଧ ରେ ଟଳି ପଡ଼ିଲେ । ତାଁିଆଟୋପି ଇଂରେଜ ମାନଙ୍କ ସହ ଗରିଲା ଯୁଦ୍ଧ କରୁ ଥିଲେ । ମାନସିଂହ ନାମକ ଜଣେ ବ୍ୟାକ୍ତି ବିଶ୍ୱାସଘାତକତା କରି ତାଁିଆଟୋପି ଙ୍କୁ ଇଂରେଜ ମାନଙ୍କ ହାତରେ ଧରାଇ ଦେଲେ । ତେଣୁ ଗୋରା ମାନେ ତାଁିଆ ଟୋପି ଙ୍କୁ ଫାଶୀ ଖୁଣ୍ଟରେ ଝୁଲାଇ ଦେଲେ ।

ସିପାହୀ ବିଦ୍ରେହ ପରେ ଇଂରେଜ ସରକାର କମ୍ପାନୀ ହାତରୁ ଭାରତର ଶାସନ ଭାର ଗ୍ରହଣ କରି ଭାରତକୁ ଶାସନ କଲେ । ଅସ୍ତ୍ରଆଇନ୍ ଜାରି କରି ଭାରତୀୟ ମାନଙ୍କ ଠାରୁ ସବୁ ଅସ୍ତ୍ର ଶସ୍ତ୍ର ଇଂରେଜ ସରକାର ନେଇ ଗଲେ । ସେମାନେ ଭାରତକୁ ଅର୍ଥନୈତିକ କ୍ଷେତ୍ରରେ ଶୋଷଣ କରିବାକୁ ଲାଗିଲେ । ସେମାନଙ୍କ ଅତ୍ୟାଚାର ଦିନକୁ ଦିନ ବଢ଼ିଲା । ଆମ ସମାଜରେ ଥିବା କୁସଂସ୍କାରେ ଆମକୁ ଆହୁରୀ ତଳକୁ ନେଇଗଲା । ଏହି ସମୟରେ ଜନ୍ମ ହୋଇଥିବା ଜ୍ଞାନୀ ଓ ଗୁଣୀ ମାନେ କୁସଂସ୍କାର ବିରୁଦ୍ଧରେ ଆନ୍ଦୋଳନ କରିଲେ । ସେମାନେ ହେଲେ ରାଜା ରାମମୋହନ ରାୟ ,ଈଶ୍ୱର ଚନ୍ଦ୍ର ବିଦ୍ୟାସାଗର , ସ୍ୱମୀ ଦୟାନନ୍ଦ ସରସ୍ୱତୀ , ରାମକୃଷ୍ଣ ପରମହଂସ , ସ୍ୱାମୀ ବିବେକାନନ୍ଦ , ସାଧୁ ସୁନ୍ଦର ଦାସ ଯେଉଁ ମାନଙ୍କ ଉଦ୍ୟମ ଫଳରେ ଇଂରେଜ ସରକାର ନରବଳି , ସତୀଦାହ ପ୍ରଥା , ବାଲ୍ୟ ବିବାହ ଭଳି ଘୃଣ୍ୟପ୍ରଥା ଉଛେଦ କରି ଥିଲେ । ବିଧବା ବିବାହ ପ୍ରଚଳନ କରିଥିଲେ । ସର୍ବ ଶକ୍ତିମାନ ଇଂରେଜ ସରକାରଙ୍କ ଅତ୍ୟାଚାର ଓ ଶୋଷଣ କୁ ବାଧା ଦେବା ପାଇଁ ଭାରତର କୌଣସି ରାଜନୈତିକ ଦଳ ବା ନେତା ମୁଣ୍ଡ ଟେକି ନ ଥିଲେ । ଭାରତୀୟ ମାନଙ୍କର ଦୁଃଖ , ଦୂର୍ଦ୍ଦଶା , ଆପତି ଓ ଅଭିଯୋଗ ଇଂରେଜ ସରକାର ଙ୍କୁ ଜଣାଇବା ପାଇଁ ଏ.ଓ.ହିଉମ୍ ଙ୍କ ଉଦ୍ୟମରେ ୧୮୮୫ ମସିହାରେ ଗଠିତ ହେଲା ଭାରତୀୟ ଜାତୀୟ କଂଗ୍ରେସ । ବମ୍ବେ ଠାରେ ହୋଇଥିବା ଭାରତୀୟ ଜାତୀୟ କଂଗ୍ରେସର ପ୍ରଥମ ଅଧିବେଶନରେ ସଭାପତି ହୋଇଥିଲେ ବାରିଷ୍ଟର ଉମେଶ ଚନ୍ଦ୍ର ବାନାର୍ଜୀ । କଂଗ୍ରେସ ର ଉଦ୍ୟମ ଫଳରେ ଇଂରେଜ ସରକାର ୧୮୯୨ ମସିହାରେ ଭାରତୀୟ ବ୍ୟବସ୍ଥା ସଭା ଆଇନ୍ ତିଆରୀ କଲେ । ଏହା ଦ୍ୱାରା ଲୋକ ପ୍ରତିନିଧି ଶାସନ ର ମୂଳଦୁଆ ଭାରତରେ ପଡ଼ିଲା । ବଙ୍ଗ ,ବିହାର ଓ ଓଡ଼ିଶା ମିଶି ଗୋଟିଏ ପ୍ରଦେଶ ଥିଲା । ୧୯୦୫ ମସିହାରେ ଲର୍ଡ଼ କର୍ଜନ ପଶ୍ଚିମ ବଙ୍ଗ , ବିହାର , ଓଡ଼ିଶା କୁ ଗୋଟିଏ ପ୍ରଦେଶ ଓ ପୂର୍ବ ବଙ୍ଗ , ଆସାମ କୁ ମିଶାଇ ଗୋଟିଏ ପ୍ରଦେଶ କରି ଦେଲେ । ଏହା ଫଳରେ ବଙ୍ଗ ଦୁଇଭାଗରେ ବିଭକ୍ତ ହୋଇଗଲା ।ବଙ୍ଗାଳୀ ମାନେ ଇଂରେଜ ସରକାର ବିପକ୍ଷରେ ବିଦ୍ରୋହ ଆରମ୍ଭ କରି ଦେଲେ । ବଙ୍କିମ ଚନ୍ଦ୍ର ଚାଟାର୍ଜୀ ଙ୍କ ଆନନ୍ଦ ମଠ ଉପନ୍ୟାସ ରେ ଥିବା 'ବନ୍ଦେ ମାତରମ'' ସଂଗୀତ ଟିକୁ ଜାତୀୟ ସଙ୍ଗିତ ରୂପେ ଗାନ କରିବାକୁ ଲାଗିଲେ । ଚାରିଆଡ଼େ 'ବନ୍ଦେ ମାତରମ'' ନାରାବାଜି ଆରମ୍ଭ ହୋଇଗଲା । 'ବନ୍ଦେ ମାତରମ'' ଆନ୍ଦୋଳନ ର ନେତା ଥିଲେ ସୁରେନ୍ଦ୍ର ନାଥ ବାନାର୍ଜି , ବିପିନ ଚନ୍ଦ୍ର ପାଲ ଓ ଅରବିନ୍ଦ ଘୋଷ । ବିଦେଶୀ ଜିନିଷ ବର୍ଜନ ଓ ସ୍ୱଦେଶୀ ଜିନିଷ ବ୍ୟବହାର 'ସ୍ୱଦେଶୀ ଆନ୍ଦୋଳନ ବା 'ବନ୍ଦେ ମାତରମ'' ଆନ୍ଦୋଳନ ପ୍ରବଳ ଭାବରେ ଚାଲିଲା । ବହୁ ଉଗ୍ରପନ୍ଥି ନେତା ମୁଣ୍ଡଟେକି ଗୋରା ଅଫିସର ମାନଙ୍କୁ ମାରି ପକାଇଲେ । ବାଳକ ଖୁଦିରାମ ବସୁ ଧରା ପଡ଼ିବାରୁ ୧୯୦୮ ମସିହାରେ ବଙ୍କଳ ଖୁଦିରାମ ଙ୍କୁ ଇଂରେଜ ସରକାର ଫାଶୀ ଦେଲେ । ୧୯୦୬ ମସିହାରେ ଢ଼ାକା ନବାବ୍ ସଲିମ୍ ଖାଁ ଙ୍କ ଦ୍ୱାରା ଆରମ୍ଭ ହୋଇଥିବା 'ମୁସଲିମ୍ ଲିଗ୍'' ର ପ୍ରଭାବ 'ବନ୍ଦେ ମାତରମ'' ଉପରେ ପଡ଼ି ପାରି ନ ଥିଲା । ୧୯୦୯ ମସିହାରେ ଭାରତରେ ମର୍ଲେମିଣ୍ଟୋ ଶାସନ ସଂସ୍କାର ପ୍ରଚଳନ କରାଗଲା । ୧୯୧୨ ମସିହାରେ ବଙ୍ଗ ବିଭାଗ ଆଇନ୍ କୁ ରଦ୍ଦ କରାଗଲା । ବିହାର ଓ ଓଡ଼ିଶା କୁ ଗୋଟିଏ ପ୍ରଦେଶ । ଆସାମ କୁ ଗୋଟିଏ ପ୍ରଦେଶ ଓ ବଙ୍ଗଳା କୁ ଗୋଟିଏ ପ୍ରଦେଶ କରାଗଲା । କଂଗ୍ରେସ ଭିତରେ ଚରମପନ୍ଥୀ ଓ ନରମପନ୍ଥି ଭାବରେ ଦୁଇଟି ଦଳ ମୁଣ୍ଡ ଟେକିଲା । ଚରମପନ୍ଥି ନେତା ଥିଲେ ବାଳ ଗଙ୍ଗାଧର ତିଲକ ଓ ଲାଲା ଲଜପତ ରାୟ । ନରମପନ୍ଥୀଙ୍କ ନେତା ଗୋପାଳ କୃଷ୍ଣ ଗୋଖିଲେ ଓ ଦାଦା ଭାଇ ନୌରୋଜୀ ।

ଦକ୍ଷିଣ ଆଫ୍ରିକାରେ ମୋହନ ଦାସ କରମଚାନ୍ଦ ଗାନ୍ଧି ଅହିଂସା ଓ ସତ୍ୟାଗ୍ରହ ବଳରେ ଭାରତୀୟ ମାନଙ୍କୁ ଜିତାଇଥିଲେ । ୧୯୧୪ ମସିହାରେ ପ୍ରଥମ ବିଶ୍ୱଯୁଦ୍ଧ ଆରମ୍ଭ ହେଲା । ୧୯୧୫ ମସିହାରେ ଗାନ୍ଧି ଦକ୍ଷିଣ ଆଫ୍ରିକାରୁ ଆସି ଭାରତରେ ପହଂଚିଲେ । ଏହି ସମୟରେ ଆୟର ଲ୍ୟାଣ୍ଡ ରମଣି ଆନି ବେସା' 'ହୋମ୍ ରୁଲ'' ଆନ୍ଦୋଳନ ଚଳାଇ ଇଂରେଜ ସରକାର ଦ୍ୱାରା ଗୃହ ବନ୍ଦିନୀ ହେଲେ । ବିଲାତରେ ଆନ୍ଦୋଳନ ହେବାରୁ ସରକାର ଆନି ବେସା'ଙ୍କୁ ମୁକ୍ତ କରି ଦେଲେ । ବିହାରର ଚମ୍ପାରଣ ଠାରେ ଇଂରେଜ ଓ ଜମିଦାର ମାନେ ନୀଳଚାଷୀ ମାନଙ୍କ ଉପରେ କରୁଥବା ଅତ୍ୟାଚାର ବିରୋଧରେ ଗାନ୍ଧିଜୀ ଆନ୍ଦୋଳନ କରି ସେମାନଙ୍କୁ ଗୋରା ସରକାର ଙ୍କ ଅତ୍ୟାଚାର ରୁ ରକ୍ଷା କରିଥିଲେ ।

ପ୍ରଥମ ବିଶ୍ୱଯୁଦ୍ଧରେ ବହୁ ଭାରତୀୟ ଜୀବନ ହରାଇଲେ । କୋଟି କୋଟି ଟଙ୍କା ଭାରତୀୟ ମାନେ ଇଂରେଜ ସରକାରଙ୍କୁ ସାହାର୍ଯ୍ୟ ଦେଇଥିଲେ । ହେଲେ 'ମଣ୍ଟେଗୁ ଚେମସ୍ ଫୋର୍ଡ଼ ଶାସନ ସଂସ୍କାର'' ଆଇନ ପ୍ରଣୟଣ କରି ଭାରତୀୟ ମାନଙ୍କ ଆଶା କୁ ଚୁରୁମାର କରି ଦେଲେ ଇଂରେଜ ସରକାର । ତାପରେ 'ରାଓଲାଟ ଆଇନ୍' କୁ ଭାରତରେ ବିରୋଧ କରାଗଲା । ପାବ ର ଜାଲିଆନାଓ୍ୱାଲା ବାଗ ଠାରେ ୧୯୧୯ ମସିହା ଅପ୍ରେଲ ମାସରେ ଏକ ସଭା କଲେ । ଏହି ବାଗ୍‌ରେ ଗୋଟିଏ ମାତ୍ର ଦ୍ୱାର ଥିଲା । ଗୋରା ସେନାପତି ଡ଼ାୟାର ସୈନ୍ୟ ନେଇ ଦ୍ୱାର ଦେଶରେ କାହାକୁ ଛାଡ଼ିବାକୁ ନ ଦେଇ ଗୁଳି ଚଳାଇଲେ ଫଳରେ ସ୍ତ୍ରୀ ,ପୁରୁଷ ଓ ଶିଶୁ ମିଶି ଦୁଇ ହଜାର ରୁ ଅଧିକ ଲୋକ ମରିଗଲେ । ସାରା ଭାରତରେ ଶୋକ ର ଛାୟା ଖେଳିଗଲା । ବିଶ୍ୱ କବି ରବିନ୍ଦ୍ର ନାଥ ଠାକୁର ଇଂରେଜ ସରକାର ଙ୍କୁ ତାଙ୍କର 'ନାଇଟ୍' ଉପାଧି ଫେରାଇ ଦେଲେ । ଭାରତୀୟ ଗାନ୍ଧିଜୀ ଙ୍କର ଅହିଂସା ନୀତି ଓ ସତ୍ୟାଗ୍ରହ ନିୟମରେ ଆନ୍ଦୋଳନ ଚାଲିଲା । ଉଗ୍ରପନ୍ଥୀ ମାନେ ପୋଡ଼ାଜଳା ଆରମ୍ଭ କରି ଦେଲେ । ଗୁଜୁରାଟ ର ଚୌରି ଚୌରା ଠାରେ ଘେରାଉ କରି ବାଇଶ ଜଣ ପୋଲିସ୍ ଙ୍କୁ ପୋଡ଼ି ଦେଲେ । ଗାନ୍ଧିଙ୍କ ଅସହଯୋଗ ଆନ୍ଦୋଳନ ବନ୍ଦ ହୋଇଗଲା । 'ସ୍ୱରାଜଦଳ' ର ନେତା ମୋତିଲାଲ ନେହେରୁ ,ଦେଶବନ୍ଧୁ ଚିତରନ ଦାସ , ଜାତୀୟ କଂଗ୍ରେସ ର ଜହାରଲାଲ ନେହେରୁ , ସୁବାଷ ଚନ୍ଦ୍ର ବୋଷ , ବଲ୍ଲଭଭାଇ ପଟେଲ , ଗୋବିନ୍ଦ ବଲ୍ଲଭ ପନ୍ଥ , ରାଜେନ୍ଦ୍ର ପ୍ରସାଦ , ରାଜ ଗୋପାଳ ଚାରୀ , ମୌଲାନା ଆବୁଲ୍‌କାଲମ , ଅବଦୁଲ ଗଫୁର ଖାଁ , ଲାଲା ଲାଜପତ ରାୟ , ଗୋପବନ୍ଧୁ ଦାସ , ନୀଳକଣ୍ଠ ଦାସ , ମହାତ୍ମା ଗାନ୍ଧି ଓ ବହୁ ସ୍ୱାଧିନତା ସଂଗ୍ରାମୀ ମାନଙ୍କ ସହିତ ୩୦ ହଜାର ଆନ୍ଦୋଳନ କାରୀ ଜେଲ ବରଣ କଲେ । ସଭରକର ଓ ଅରବିନ୍ଦ ହିଂସାନୀତିରେ ଆନ୍ଦୋଳନ କରୁଥିଲେ । ହିଂସା ନିତିରେ ହିଂସାକାଣ୍ଡ ଖଟାଇ ଭଗତ ସିଂ ଓ ଉଦାମ ସିଂହ ଫାଶୀ ପାଇଗଲେ ।

୧୯୨୮ ମସିହାରେ ବ୍ରିଟିଶ ସରକାର ଏକ ସମିତି ଗଠନ କରି ଭାରତ କୁ ପଠାଇଲେ । ସାଇମନ୍ ସାହେବ ଏହାର ସଭାପତି ଥିଲେ । ସାତଜଣ ସଭ୍ୟ ମଧ୍ୟରେ କେହି ଭାରତୀୟ ନ ଥିଲେ । ତେଣୁ ଜାତୀୟ କଂଗ୍ରେସ ଏହାକୁ ବିରୋଧ କଲା ।'ସାଇମନ୍ ଫେରିଯାଅ'' । କିଂ ସାଇମନ୍ ବ୍ରିଟିଶ ସରକାର ଙ୍କୁ ରିପୋର୍ଟ ଦେଲେ । ତେଣୁ କଂଗ୍ରେସ ୧୯୨୯ ମସିହାରେ ଲାହୋର ଅଧିବେସନରେ ଭାରତୀୟ ପୂର୍ଣ୍ଣ ସ୍ୱାଧିନତା ପାଇଁ ଘୋଷଣା କରି ମହାତ୍ମା ଗାନ୍ଧି ଙ୍କୁ ସଂଗ୍ରାମ କରିବାର ଦାୟିତ୍ୱ ଦେଲେ । ଗାନ୍ଧିଜୀ ଅଣାଅଶୀ ଜଣ ସତ୍ୟାଗ୍ରହୀଙ୍କୁ ଧରି ଦାଣ୍ଡି ଯାତ୍ରା କଲେ । ସେଠାରେ ସେ ୧୯୩୦ ମସିହା ଅପ୍ରେଲ ନଅ ତାରିଖରେ ଲବଣ ଆଇନ୍ ଭଙ୍ଗ କଲେ । ସାରା ଭାରତରେ ଲବଣ ସତ୍ୟାଗ୍ରହ ଚାଲିଲା । ଦ୍ୱିତୀୟ ଗୋଲ ଟେବୁଲ ବୈଠକରେ ଗାନ୍ଧି ଯୋଗ ଦେଲେ କିଂ କିଛି ଫଳ ହେଲା ନାହିଁ ।

୧୯୩୫ ମସିହାରେ ଭାରତ ଶାସନ ଆଇନ୍ ରେ ଭାରତୀୟ ମାନଙ୍କୁ ଅଧିକ ଶାସନ କ୍ଷମତା ଦିଆ ଗଲା । ଏହି ଆଇନ୍ ଅନୁସାରେ ୧୯୩୭ ମସିହାରେ ଭାରତରେ ନିର୍ବାଚନ ଆରମ୍ଭ ହେଲା । ଭାରତର ଏଗାରଟି ପ୍ରଦେଶ ରୁ କଂଗ୍ରେସ ସାତଟି ପ୍ରଦେଶରେ ସଂଖ୍ୟା ଗରିଷ୍ଟତା ହାସଲ କରି ମନ୍ତ୍ରୀ ମଣ୍ଡଳ ଗଠନ କଲା । ସୁବାଷ ବୋଷ କଂଗ୍ରେସ ଛାଡ଼ି 'ଫରଓ୍ୱର୍ଡ଼ ବ୍ଲକ୍'' ନାମରେ ଏକ ଅଲଗା ଦଳ ଗଠନ କଲେ ।

୧୯୩୯ ମସିହାରେ ଜାତିୟ କଂଗ୍ରେସ କୁ ନ ପଚାରି ବଡ଼ଲାଟ୍ ଭାରତ କୁ ଦ୍ୱିତୀୟ ବିଶ୍ୱ ଯୁଦ୍ଧରେ ସାମିଲ କରି ଦେଲେ । କଂଗ୍ରେସ ନେତା ମାନେ ଯୁଦ୍ଧ ବିରୋଧୀ ଧ୍ୱନି ଦେଇ ଜେଲ୍ ଗଲେ ।୧୯୪୧ ମସିହାରେ ସୁବାଷ ବୋଷ ଭାରତରୁ ଜର୍ମାନୀ କୁ ପଳାଇ ଯାଇଁ 'ଆଜଦ୍ ହୀନ୍ଦ ଫଉଜ'' ଗଠନ କଲେ । ୧୯୪୨ ମସିହାରେ କଂଗ୍ରେସ ଭାରତ ଛାଡ଼ ଆନ୍ଦୋଳନ ଆରମ୍ଭ କରି ଦେଲା । ସୁବାଷ ବୋଷ ଜାପାନ୍ ସାହାର୍ଯ୍ୟରେ ପୂର୍ବପଟୁ ଭାରତ କୁ ଅଭିଯାନ ଆରମ୍ଭ କଲେ । 'ଆଜଦ୍ ହୀନ୍ଦ ଫଉଜ'' କୋହିମା ଅଧିକାର କରି ମଣିପୁର ଘେରାଉ କରି ଦେଲେ , ଦ୍ୱିତୀୟ ବିଶ୍ୱ ଯୁଦ୍ଧରେ ଇଂଲଣ୍ଡ ଜୟ ଲାଭ କଲେ ମଧ୍ୟ ବହୁତ ଦୂର୍ବଳ ହୋଇ ପଡ଼ିଥିଲା । ସେମାନଙ୍କ ପକ୍ଷେ ଭାରତକୁ ଶାସନ କରିବା ଆଉ ସମ୍ଭବ ହୋଇ ନ ଥିଲା । ତେଣୁ ଇଂରେଜ ସରକାର ଭାରତକୁ ସ୍ୱାଧିନତା ଦେବା ପାଇଁ ରାଜି ହୋଇ କଂଗ୍ରେସ ନେତା ମାନଙ୍କୁ ଜେଲରୁ ଖଲାସ କରି ଦେଲେ । ମୁସଲିମ୍ ଲିଗ୍ ନେତା ମହମ୍ମଦ ଅଲ୍ଲୀ ଜିନା ମୁସଲମାନ ଙ୍କ ପାଇଁ ପାକିସ୍ତାନ ଦାବି କଲେ । ହିନ୍ଦୁ ଓ ମୁସଲମାନ ଙ୍କ ମଧ୍ୟରେ ମାରପିଟି ଆରମ୍ଭ ହେଲା । ବହୁ ହିନ୍ଦୁ ଓ ମୁସଲମାନ ବଳି ପଡ଼ିଗଲେ । ଏହି ସମୟରେ ଭାରତୀୟ ନୌ ବାହିନୀରେ ବିଦ୍ରୋହ ହେଲା । ବ୍ରିଟିଶ ସରକାର ଆଉ କାଳ ବିଳମ୍ବ ନ କରି ଲର୍ଡ଼ ମାଉଣ୍ଟ ବ୍ୟାଟେନ୍ କୁ ଭାରତର ବଡ଼ ଲାଟ କରି ପଠାଇଲେ । ଭାରତ ଓ ପାକିସ୍ଥାନ ଦୁଇ ଭାଗ କରି ଦୁଇଟି ଦେଶ କୁ ସ୍ୱାଧିନତା ଦେଇ ଦେଲେ ।ପରିଶେଷରେ ୧୯୪୭ ମସିହା ଅଗଷ୍ଟ ୧୫ ତାରିଖରେ ଭାରତ ସ୍ୱାଧିନତା ଲାଭ କଲା ।

ଗୋପବନ୍ଧୁ ଙ୍କ ଭାଷାରେ-

' ସ୍ୱାଧିନତା ମାନବର ଜନ୍ମ ଅଧିକାର
ସ୍ୱାଧିନ ଭାଷଣ ଆଉ ସ୍ୱାଧୀନ ବିହାର
ସ୍ୱାଧୀନ ଜୀବନ ପୁଣି ସ୍ୱାଧୀନ ସମିତି
ଚାରି ସ୍ତମ୍ଭେ ମାନବର ସମାଜ ସଂସ୍ଥିତି ।

*ପାରାଦ୍ୱୀପ ଗଡ଼, କୁଜଙ୍ଗ*
*ଜଗତସିଂହପୁର,ଓଡ଼ିଶା*
*ମୋ-୯୯୩୭୬୯୧୪୭୫*




# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି । ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ,ଟାଉନ ଫରେଷ୍ଟର ଭୂପତି ସେଠୀ,ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ । ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା । ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି । ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ । ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି । ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ । ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି । ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ,ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି । ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି,ପଥର,ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି । ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି ।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଊର୍ଦ୍ଧ୍ୱ ହେବ ରହିଛନ୍ତି । ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି । ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି । ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨,ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯,ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି । ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଊର୍ଦ୍ଧ୍ୱ ହେବ । ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି । ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି । ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି । ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି । ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ,ପ୍ରମୋଦ କୁମାର ସାହୁ,ଚିତରଞ୍ଜନ ବାରିକ,ନିରଞ୍ଜନ ପଣ୍ଡା,ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି ।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧାରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି । ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି । ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି । ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା । ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଯୋଗ୍ୟତା ଥାଇ ମଧ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ୍ଯ ଦିଆଯାଉନାହିଁ । ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା । ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି । ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଲିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି । ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି । ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି । ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି । ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ । ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି । ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ । ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି । ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ । ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧ୍ୟକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ । ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା । ଏହା ପରେ ରୋଷେଇ ଗ୍ୟାସ ଦୂର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା । ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ । ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଡ କମାଣ୍ଡର ଗୌରବ ଜଗନାନୀ ମକ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ । ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ ।

## ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଲି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି । ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ । ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଲି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା । ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା । ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି । ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

## ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି । ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି । ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି । ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ,ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧ୍ୟମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧ୍ୟରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ ପ୍ରକାଶ କରିଥିଲେ । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ,କର୍ମଚାରୀ,ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି । ଏହି ଜମି ଗୁଡିକ ୩୨୩ ବର୍ଗ'ଫୁଟରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧ୍ୟରେ ଯୋଗାଇ ଦିଆଯିବ । ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ ।

# ଡମ୍ପର ମାଲିକଙ୍କ ଧାରଣା ପଞ୍ଚମ ଦିନରେ : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ

ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି । ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ପର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ପର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି । ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନ କାର୍ଯ୍ୟ ଦେଉନାହିଁ । ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ । ଦୀର୍ଘ ୨୫ ବର୍ଷରୁ ଊର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ପର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି



। ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ପର ନେଇ ପରିବହନ କରୁଥିଲେ । ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ । ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନରେ ନିୟୋଜିତ କରୁଥିଲେ । ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି । ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ କେହି କର୍ଣ୍ଣପାତ କରୁନାହାଁନ୍ତି । ଡମ୍ପର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି । ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ କଷ୍ଟସାଧ ହେଲାଣି । କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ପରରେ କାର୍ଯ୍ୟ କରୁଥିବା ଡ୍ରାଇଭର,ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି । ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି । କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି । ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି । ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି । ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧ୍ୟମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି । ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ ।




# ଶିଶୁପାଳଗଡ ଶାଖା ଡାକଘର କ'ଣ କେନ୍ଦ୍ର ସରକାରଙ୍କର ସାବତ ପୁଅ କି ?




ଭୁବନେଶ୍ୱର (ପିଏନ୍): ଭୁବନେଶ୍ୱର ଉପକଣ୍ଠ ଏକାମ୍ର ନିର୍ବାଚନ ମଣ୍ଡଳୀର ଲିଙ୍ଗିପୁର ଗ୍ରାମପଂଚାୟତରେ ଥିବା ଶାଖା ଡାକଘର ବର୍ତ୍ତମାନ ଜରାଜୀର୍ଣ୍ଣ ଅବସ୍ଥାରେ ଅଛି। କୌଣସି ମୌଳିକ ସେବା ପାଇବାରୁ ଜନସାଧାରଣ ବଂଚିତ। ଡାକ ଟିକେଟ, ରେଭିନ୍ୟୁ ଷ୍ଟାମ୍ପ, ଏନ୍ଭଲପ୍, ପୋଷ୍ଟକାର୍ଡ, ଇତ୍ୟାଦି ଜମା ଉପଲବ୍ଧ ହେଉନାହିଁ। ଏହାକୁ ନେଇକରି ଜନଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଶିଶୁପାଳଗଡ ଏବଂ ଲିଙ୍ଗିପୁର ଗ୍ରାମପଂଚାୟତର ୨୬ଟି ୱାର୍ଡର ଜନସାଧାରଣ ଡାକସେବାର କୌଣସି ସେବା ପାଇପାରୁନାହାଁନ୍ତି। ସିଡ ପୋଷ୍ଟ ସେବା ଏହି ଶାଖା ଡାକଘରେ ଉପଲବ୍ଧ ଥିଲେ ମଧ୍ୟ ବିଦ୍ୟୁତ୍‌ନାର ବିଷୟ ଇଂଟରନେଟ ସେବାର ଉପଲବ୍ଧି ରହୁନାହିଁ। ଯାହାଫଳରେ ନାହିଁନଥିବା ହଇରାଣ ହେଉଛନ୍ତି ଜନସାଧାରଣ। ଡାକବକ୍ସଟି ଭାଙ୍ଗି ଉପୁଡି ଯାଇଛି। ଯାହାଫଳରେ ୪ କିଲୋମିଟର ଦୂର ଓଲଡ୍ ଟାଉନ ପୋଷ୍ଟ ଅଫିସ ଉପରେ ନିର୍ଭର କରିବାକୁ ପଡୁଛି। ହାହାହାରି ଘଂଟେରୁ ଅତି ବେଶୀରେ ଦୁଇ ଘଂଟା ଖୋଲା ରହୁଛି ଶାଖା ଡାକଘର (୧୦-୧୨ପର୍ଯ୍ୟନ୍ତ ଖୋଲା ରହୁଛି)। କୌଣସି ଚିଠି ଆସିଲେ କମ ସେ କମ୍ ୮ରୁ ୧୦ଦିନ ଉର୍ଦ୍ଧ୍ୱ ଲାଗୁଛି କୌଣସି ଠିକଣାରେ ପହଂଚିବା ପାଇଁ। ୧୦୦୦୦ରୁ ଉର୍ଦ୍ଧ୍ୱ ଏହି ଦୁଇ ପଂଚାୟତର ଲୋକ ବାଧ ହୋଇ ୪ କିଲୋମିଟର ଦୂର ଯିବାକୁ ପଡୁଛି ଏବଂ ଗରିବ ଲୋକମାନେ ବହୁ ହଇରାଣ ହେଉଛନ୍ତି। ଏହି ଡାକଘରର ଉନ୍ନତି ନକରିବା ପାଇଁ କିଛି କୋରିଅର ସଂସ୍ଥା ହୀନ ଚକ୍ରାନ୍ତ କରୁଥିବା ଶୁଣିବାକୁ ମିଳୁଛି। ଡାକବକ୍ସଟି ବିଗତ ବହୁଦିନ ହେଲାଣି ଅକାମି ହୋଇ ପଡିରହିଛି। ଶାଖା ଡାକ ଘରେ ପାଣିର କୌଣସି ସୁବିଧା ନାହିଁ। ଯାହାଫଳରେ ବହୁ ଅସନ୍ତୋଷ ଦେଖାଯାଉଛି। କେନ୍ଦ୍ରମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ଓଡିଶାର ହୋଇଥିଲେ ମଧ ଦୀପତଳ ଅନ୍ଧାର ଭଳି ଲାଗୁଛି। ନା ଭିତିଭୂମି ଅଛି ନା ମୌଳିକ ସେବା ମିଳୁଛି। ସାଧାରଣ ଲୋକ ହନ୍ତସନ୍ତ ହେଉଛନ୍ତି। ଡାକଘର ଉପରେ ଲେଖାହୋଇଛି ୧୦ଟାରୁ ୨ଟା ଖୋଲା ରହୁଛି। କିନ୍ତୁ ସବୁଦିନ ୧ଟା ବେଳେ ବନ୍ଦ ହୋଇଯାଉଛି। ଯାହାଫଳରେ ଜରୁରୀ ଚିଠି ଡାକଟିକେଟ ପାଇବାରେ ସାଧାରଣ ଲୋକମାନେ ହଇରାଣ ହେଉଛନ୍ତି। ଶାଖା ଡାକଘରେ ଥିବା କର୍ମଚାରୀମାନେ ମନଇଚ୍ଛା ଅଫିସ ଖୋଲୁଛନ୍ତି, ନିଜ ଇଚ୍ଛା ଅନୁସାରେ ଆସୁଛନ୍ତି ଏବଂ ଅଫିସକୁ ବନ୍ଦ କରି ଦେଉଛନ୍ତି। ଅଫିସ ଭିତରକୁ ଜଣେ ଗଲେ ଦ୍ୱିତୀୟ ଲୋକ ପାଇଁ ଜାଗା ନାହିଁ। କେନ୍ଦ୍ରମନ୍ତ୍ରୀ ମହାଶୟ ତୁରନ୍ତ ହସ୍ତକ୍ଷେପ କରି ଏହି ଶାଖା ଡାକଘରର ଭିତିଭୂମି ଏବଂ ମୌଳିକ ସେବା ସହିତ ସନ୍ଧ୍ୟା ପର୍ଯ୍ୟନ୍ତ ଖୋଲିବା ପାଇଁ ନିର୍ଦ୍ଦେଶ ଦିଅନ୍ତୁ ଏବଂ ନିଜେ ତଦାରଖ କରନ୍ତୁ ଯେପରି ଭାବେ କୌଣସି ଜନସାଧାରଣ ମୌଳିକ ସେବାରୁ ବଂଚିତ ନ ହୁଅନ୍ତି। କେନ୍ଦ୍ର ସରକାର ଅଧୀନସ୍ଥ ଡାକଘରରେ ବିଭିନ୍ନ ଯୋଜନା ଥିଲେ ମଧ ପୋଷ୍ଟ ଅଫିସରେ କେମିତି କାର୍ଯ୍ୟକାରୀ ହେବ ତଥା ଆଧାର କାର୍ଡ ଭେରିଫିକେସନ୍, ଜମା ଖାତା, ଏନ୍‌ଏସି, ସୁକନ୍ୟା ଯୋଜନା ଏବଂ କେନ୍ଦ୍ର ସରକାରଙ୍କର ସବୁ ଜନକଲ୍ୟାଣକାରୀ ସୁବିଧା ମିଳିବା ପାଇଁ ମନ୍ତ୍ରୀ ମହୋଦୟ ନିର୍ଦ୍ଦେଶ ଦେଇ ଜନସାଧାରଣଙ୍କୁ ଏହି ସୁବିଧାର ତୁରନ୍ତ ଉପଲବ୍ଧ କରାନ୍ତୁ।

## ବାଚସ୍ପତିଙ୍କୁ ଅଭିନନ୍ଦନ ଜଣାଇଲା ଉତ୍କଳ ସମ୍ମିଳନୀ

ଭୁବନେଶ୍ୱର (ପିଏନ୍): ଓଡିଶା ବିଧାନସଭାର ଉଦ୍ୟମ ଫଳରେ ଦୀର୍ଘ ୧୦୦ ବର୍ଷ ତଳର ବିବରଣୀ ବିହାର ବିଧାନସଭାରୁ ଅଣାଯାଇପାରିଥିବାରୁ ବିଧାନସଭାର ବାଚସ୍ପତି ବିକ୍ରମ କେଶରୀ ଆରୁଖ, ପୂର୍ବତନ ବାଚସ୍ପତି ସୂର୍ଯ୍ୟନାରାୟଣ ପାତ୍ର, ସଚିବ ଦାଶରଥି ଶତପଥୀ, ଯୁଗ୍ମ ନିର୍ଦ୍ଦେଶକ ଶିବପ୍ରସାଦ ପଟ୍ଟନାୟକ, ଗବେଷଣା ଅଧିକାରୀ ଜୟକୃଷ୍ଣ ପ୍ରଧାନ ଓ ସ୍ୱତନ୍ତ୍ର କାର୍ଯ୍ୟକାରୀ ଅଧିକାରୀ (ଗବେଷଣା) ଅମୂଲ୍ୟ କୁମାର ସ୍ୱାଇଁଙ୍କୁ ଉତ୍କଳ ସମ୍ମିଳନୀ କୃତଜ୍ଞତା ଜ୍ଞାପନ କରିବା ସହିତ ଅଭିନନ୍ଦନ ଜଣାଇଛି। ଆମ ପାଖରେ ଆମ ରାଜ୍ୟର ୧୯୨୨ ମସିହାରୁ ୧୯୩୬ ମସିହା ପର୍ଯ୍ୟନ୍ତ ତଥ୍ୟ ନଥିଲା। ଏହି ତଥ୍ୟ ମିଳିବା ପରେ ଓଡିଶାର ଇତିହାସ ଲେଖାରେ ସହାୟକ ହେବ ବୋଲି ଉତ୍କଳ ସମ୍ମିଳନୀ ପକ୍ଷରୁ ସମ୍ମିଳନୀର ମଞ୍ଚେଶ୍ୱର ଶିକ୍ଷାଞ୍ଚଳ ଶାଖା ସଭାପତି ଅଧିବକ୍ତା ଦିଲ୍ଲୀପ ଦାଶଶର୍ମା କହିଛନ୍ତି। ଏହି ତଥ୍ୟକୁ ଆଧାର କରି ଏକ ତଥ୍ୟଭିତିକ ପୁସ୍ତକ ରଚନା କରିବା ପାଇଁ ଶ୍ରୀ ଦାଶଶର୍ମା ମଧ୍ୟ ମାନ୍ୟବର ବାଚସ୍ପତିଙ୍କୁ ଅନୁରୋଧ କରିଛନ୍ତି।

## ଜିଲ୍ଲାପାଳଙ୍କୁ ଭେଟି ବନ୍ୟାଞ୍ଚଳ ବାବଦରେ ସମୀକ୍ଷା କଲେ ସାଂସଦ

ବାଲେଶ୍ୱର (ପିଏନ୍)- ଲଘୁଚାପ ଜନିତ ବର୍ଷା ଯୋଗୁଁ ଉତ୍ତର ବାଲେଶ୍ୱରରେ ବନ୍ୟାପଣି ମାଡ଼ିଥିବା ଅଞ୍ଚଳକୁ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଗସ୍ତ କରିବା ପରେ ନିଜେ ଅନୁଭବ କରିଥିବା ବନ୍ୟା ପ୍ରପୀଡ଼ିତଙ୍କ ଅସୁବିଧାକୁ ବାଲେଶ୍ୱର ଜିଲ୍ଲା ବିଜେପିର ପ୍ରତିନିଧି ମଣ୍ଡଳୀଙ୍କ ସହ ଯାଇ ଜିଲ୍ଲାପାଳଙ୍କୁ ତାଙ୍କ ବାସଭବନ ସ୍ଥିତ କାର୍ଯ୍ୟାଳୟରେ ଭେଟି ଲୋକଙ୍କୁ କେମିତି ସୁଷମ ଭାବେ ରନ୍ଧାଖାଦ୍ୟ, ଶୁଖିଲା ଖାଦ୍ୟ, ପଲିଥିନ, ଔଷଧ ପିଇବା ପାଣି, ଗୋଖାଦ୍ୟ ସୂଚାରୁ ରୂପେ ବଣ୍ଟନ କରାଯିବ ସେ ବାବଦରେ ଆଲୋଚନା କରିଥିଲେ। ଯେଉଁମାନଙ୍କର ଘର ବନ୍ୟାପାଣିରେ ଭାଙ୍ଗିଯାଇଛି, ଚାଷଜମି କ୍ଷତିଗ୍ରସ୍ତ ହୋଇଛି ସେମାନଙ୍କୁ ରାଜନୀତି ପ୍ରିୟାପ୍ରୀତି ଉର୍ଦ୍ଧ୍ୱରେ ଯାଇ ଚିହ୍ନଟ କରିବା ପାଇଁ ଏବଂ ବେଆଇନ ଭାବେ ସରକାରୀ ଜାଗାକୁ ଅବରୋଧ କରି ରଖିଥିବା ବିଶେଷ କରି ରାସ୍ତା ପାଖରେ ଥିବା ନାଳକୁ ଜବର ଦଖଲ କରି ଦୋକାନ ଗୃହ ନିର୍ମାଣ କରିଥିବା ଏବଂ ବେଆଇନ ଚିଙ୍ଗୁଡ଼ିଘେରୀ କରି ବର୍ଷାପାଣି ପ୍ରବାହରେ ବାଧା ଉତ୍ପନ୍ନ କରୁଥିବା ଲୋକଙ୍କ ବିରୁଦ୍ଧରେ ଦୃଢ଼ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲାପାଳଙ୍କୁ କହିବା ପରେ ଜିଲ୍ଲାପାଳ ତୁରନ୍ତ ଏ ସବୁର ସମାଧାନ କରିବେ ବୋଲି କହିବା ସହିତ ତାଙ୍କର ହ୍ୱାଟ୍‌ସଅପରେ ଫଟୋ ଉଠାଇ ପଠାଇବା ପାଇଁ ଅନୁରୋଧ କରିଥିଲେ। ଏହି ପ୍ରତିନିଧି ମଣ୍ଡଳୀରେ ଜିଲ୍ଲା ସଭାପତି ଉମାକାନ୍ତ ମହାପାତ୍ର, ପୂର୍ବତନ ବିଧାୟକ ଜୀବନ ପ୍ରଦୀପ ଦାସ, ରାଜ୍ୟ କାର୍ଯ୍ୟକାରିଣୀ ସଭ୍ୟ ଶୁଭଙ୍କର ମହାପାତ୍ର, ଜୋନାଲ ମିଡ଼ିଆ ସଂଯୋଜକ ପ୍ରମୁଖ ଉପସ୍ଥିତ ରହିଥିଲେ ବୋଲି ଜିଲ୍ଲା ଗଣମାଧ୍ୟମ ସଂଯୋଜକ ଶ୍ରୀନିବାସ ପ୍ରଧାନ ଏକ ପ୍ରେସ ବିବୃତିରେ ଲିଖିତ ଭାବେ ଜଣାଇଛନ୍ତି।

## ଚଲାପଥର ସୁବର୍ଣ୍ଣ ଜୟନ୍ତୀ ଅବସରରେ କବି ସମ୍ମିଳନୀ



ଭୁବନେଶ୍ୱର (ପିଏନ୍): ଓଡ଼ିଶାର ପୁରାତନ ସାହିତ୍ୟ ଅନୁଷ୍ଠାନ ଚଲାପଥର ସୁବର୍ଣ୍ଣ ଜୟନ୍ତୀ ଅବସରରେ ଚଲାପଥର ପ୍ରତିଷ୍ଠାତା ସମ୍ପାଦକ ହଳଧର ଧୀରଙ୍କ ଆବାହକତ୍ୱରେ ଏକ କବି ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅତିଥି କବି ଭାବେ ବରିଷ୍ଠ ପ୍ରକାଶକ ତଥା କବି ଯୋଗେନ୍ଦ୍ର କୁମାର ନାୟକ, କବି ଭୁବନ ମୋହନ ମହାନ୍ତି, ତରୁଣବାଳା ମହାପାତ୍ର, ଗୀତାଞ୍ଜଳୀ ମହାନ୍ତିଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି ମନୋଜ୍ଞ କବିତା ପାଠୋତ୍ସବରେ କବି ମଧୁସ୍ମିତା ସାହୁ, ସୁଷମା ଲେଙ୍କା, ସୌଦାମିନୀ ସାମନ୍ତରାୟ, ସହିଂସ୍ତା ମହାନ୍ତି, ତରୁଣବାଳା ମହାପାତ୍ର, ମନୋରମା ମିଶ୍ର, ଦୀପାଳୀ ଦେବସ୍ମିତା, ପୁର୍ଣ୍ଣଚନ୍ଦ୍ର ପଟ୍ଟନାୟକ, କବି ପ୍ରତ୍ୟୁଷ କୁମାର ଭଞ୍ଜ, ରଜନୀକାନ୍ତ ପଟ୍ଟନାୟକ, ମନୋଜ କୁମାର ଜେନା, କସ୍ତୁରୀ ଚରଣ ନାୟକ, ବିଜୟ କୁମାର ବହଲି, ଇଂ ଲଡୁକିଶୋର ପଡିଆରି, ମାନଗୋବିନ୍ଦ ବାରିକ, ଶଶାଙ୍କ ଶେଖର ମିଶ୍ର ପ୍ରମୁଖ ଶତାଧିକ କବି ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ।

## ଡେକୋରେଟର ସୌମେନ୍ଦୁ ମହାପାତ୍ରଙ୍କ ସ୍ମୃତି ସଭା

ପାରାଦୀପ (ପିଏନ୍)- ପାରାଦୀପର ମହାପାତ୍ର ଡେକୋରେଟର ପ୍ରତିଷ୍ଠାତା ସୌମେନ୍ଦୁ ମହାପାତ୍ର (ପୁପୁ)ଙ୍କ ଅକାଳ ବିୟୋଗରେ ଏକ ସ୍ମୃତି ସଭା ରବିବାର ସନ୍ଧ୍ୟାରେ ଆୟୋଜିତ ହୋଇଯାଇଛି। ପାରାଦୀପ ଡେକୋରେଟର ସଂଘ ପକ୍ଷରୁ ପାରାଦୀପ ବଡପଡିଆସ୍ଥିତ ଶାରଳା ମନ୍ଦିର ପରିସରରେ ଏହି ସ୍ମୃତିଚାରଣ ଆୟୋଜିତ ହୋଇଥିଲା। ପାରାଦୀପରେ ଦୀର୍ଘ ତିନି ଦଶନ୍ଧି ଧରି ଡେକୋରେଟର ଭାବେ ସେ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ। ପୁପୁ ମହପାତ୍ର ଭାବେ ସେ ସମସ୍ତ ପାରାଦୀପବାସୀଙ୍କ ନିକଟରେ ପରିଚିତ ଥିଲେ। ପାରାଦୀପ ବନ୍ଦରାଂଚଳ ସମେତ ବିଭିନ୍ନ ଶିଳ୍ପସଂସ୍ଥାମାନଙ୍କରେ ସେ ଦକ୍ଷତାର ସହିତ ଡେକୋରେଟର ଭାବେ ସବୁବର୍ଗର ଲୋକମାନଙ୍କ ପାଖରେ ପ୍ରିୟପତ୍ର ଥିଲେ। ତାଙ୍କର ଏହି ଅକାଳ ବିୟୋଗ ପାରାଦୀପର ସବୁବର୍ଗର ଲୋକମାନଙ୍କ ମନରେ ଗଭୀର ଶୋକର ଛାୟା ଖେଳାଇ ଦେଇଥିଲା। ରବିବାର ଦିନ ତାଙ୍କ ବିୟୋଗରେ ଆୟୋଜିତ ସ୍ମୃତି ସଭାରେ ଅରୁଣ କୁମାର ଲେଙ୍କା, ମନୋଜ କୁମାର ସ୍ୱାଇଁ, କୈଳାସ ମଲ୍ଲିକ, ସୁବାସ ରାଉତ, ଶୁକଦେବ ରଣା, ଶିବ ପ୍ରସାଦ ବାରିକ, ଚନ୍ଦନ କୁମାର ହାତୀ, ଚନ୍ଦନ କୁମାର ପାଣି, ପ୍ରଦୀପ କୁମାର ସ୍ୱାଇଁ, ଧର୍ମାନନ୍ଦ ମଲ୍ଲ, କାରୁଣ୍ୟ କୁମାର ଲେଙ୍କା ପ୍ରମୁଖ ଯୋଗ ଦେଇ ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରିଥିଲେ।

### ଧର୍ମଶାଳା ତହସିଲ ପକ୍ଷରୁ ପଟ୍ଟା ବଂଟନ

ଧର୍ମଶାଳା (ପିଏନ): ଧର୍ମଶାଳା ତହସିଲ କାର୍ଯ୍ୟାଳୟ ପକ୍ଷରୁ ୨୨ ଜଣ ଭୂମିହୀନଙ୍କୁ ପଟ୍ଟା ବଂଟନ କରାଯାଇଛି। ଧର୍ମଶାଳାସ୍ଥିତ କାର୍ଯ୍ୟାଳୟ ପରିସରରେ ତହସିଲଦାର ସ୍ୱାଗତ ଦାସଙ୍କ ଅଧ୍ୟକ୍ଷତାରେ ଅୟୋଜିତ ପଟ୍ଟା ବଂଟନ କାର୍ଯ୍ୟକ୍ରମରେ ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ମୁଖ୍ୟଅତିଥି ଭାବେ ଯୋଗଦେଇ ନାକପୋଲ ସର୍କଲର ୧୨ ଜଣ, ବାଙ୍କସାହି ସର୍କଲର ୮ ଜଣ, ବଡକାଏମା ଓ ଶ୍ରୀନଗରର ଜଣେ ଲେଖାଏଁ ଭୂମିହୀନଙ୍କୁ ପଟ୍ଟା ବଂଟନ କରିଥିଲେ। ସମ୍ପୃକ୍ତ ସର୍କଲର ଆରଆଇ ଉପସ୍ଥିତ ହିତାଧିକାରୀ ଚିହ୍ନଟରେ ସହଯୋଗ କରିଥିଲେ। ଅତିରିକ୍ତ ତହସିଲଦାର ଦେବୀପ୍ରସନ୍ନ ମହାନ୍ତି ସୂଚନା ପ୍ରଦାନ କରିଥିଲେ।

# ଆଦିବାସୀଙ୍କ ଉନ୍ନତି ପାଇଁ କଂଗ୍ରେସ ଅନେକ କିଛି କରିଛି

ରାଉରକେଲା (ପିଏନ୍): ଆଦିବାସୀଙ୍କ ଉନ୍ନତି ପାଇଁ କଂଗ୍ରେସ ସରକାର ସମୟରେ ଅନେକ କିଛି ପଦକ୍ଷେପ ଗ୍ରହଣ କରାଯାଇଛି। ଶିକ୍ଷା, ନିଯୁକ୍ତି, ରାଜନୀତି ଇତ୍ୟାଦି କ୍ଷେତ୍ରରେ ସଂରକ୍ଷଣ ବ୍ୟବସ୍ଥା କରାଯାଇ ସମାଜର ମୁଖ୍ୟ ସ୍ରୋତରେ ସାମିଲ୍ ହେବାର ସୁଯୋଗ ସୃଷ୍ଟି କରାଯାଇଛି। ତେଣୁ ଆଜି ରାଜ୍ୟରେ ବିଜେଡିର ୨୨ ବର୍ଷର ଶାସନ ଓ କେନ୍ଦ୍ରରେ ବିଜେପିର ୮ ବର୍ଷର ଶାସନ ପରେ ବି ଆଦିବାସୀ ସମ୍ପ୍ରଦାୟର କଂଗ୍ରେସ ପ୍ରତି ସମର୍ଥନ ଓ ପ୍ରତିଷ୍ଠା ଜାରି ରହିଛି ବୋଲି ଆଦିବାସୀ କଂଗ୍ରେସର ରାଜ୍ୟ ଅଧ୍ୟକ୍ଷ ତଥା ପୂର୍ବତନ ବିଧାୟକ ଭୂଜବଳ ମାଝି ରାଉରକେଲା ଠାରେ ପ୍ରକାଶ କରିଛନ୍ତି। ଶ୍ରୀ ମାଝି ତାଙ୍କ ରାଉରକେଲା ଗସ୍ତ ଅବସରରେ କଂଗ୍ରେସ ଭବନଠାରେ ଜିଲ୍ଲା କଂଗ୍ରେସର ଆଦିବାସୀ ବିଭାଗ ତରଫରୁ ଅନୁଷ୍ଠିତ ସଭାରେ ସଙ୍ଗଠନର ସଦସ୍ୟମାନଙ୍କୁ ସମ୍ବୋଧିତ କରି ନିଷ୍ଠାର ସହିତ ଅଧିକ ବ୍ୟାପକ ଭାବେ ସାଧାରଣ ଆଦିବାସୀଙ୍କ ସହିତ ସମ୍ପର୍କକୁ ମଜବୁତ କରିବାକୁ କର୍ମକର୍ତ୍ତାମାନଙ୍କୁ ପରାମର୍ଶ ଦେଇଥିଲେ। ଆଦିବାସୀଙ୍କ ସ୍ୱାର୍ଥବିରୋଧୀ ବର୍ତ୍ତମାନର ବିଜେଡି ଓ ବିଜେପି ସରକାର ଆଦିବାସୀଙ୍କୁ ବିଭ୍ରାନ୍ତ କରି କଂଗ୍ରେସଠାରୁ ଦୂରେଇ ରଖିବାକୁ ଚେଷ୍ଟା କରୁଛନ୍ତି ବୋଲି ଶ୍ରୀ ମାଝି ପ୍ରକାଶ କରି ସମସ୍ତ କର୍ମକର୍ତ୍ତା ଏଥିପ୍ରତି ସଚେତନ ରହିବାକୁ କହିଥିଲେ। ଖୁବ୍‌ଶୀଘ୍ର ଜିଲ୍ଲା କଂଗ୍ରେସର ଆଦିବାସୀ ବିଭାଗକୁ ପୁନର୍ଗଠନ କରାଯିବ ବୋଲି ଶ୍ରୀ ମାଝି ପ୍ରକାଶ କରି ଦକ୍ଷ ଓ କର୍ମଠ କର୍ମୀମାନଙ୍କୁ ପୁନର୍ଗଠିତ କମିଟିରେ ସ୍ଥାନ ଦିଆଯିବ ବୋଲି ପ୍ରକାଶ କରିଥିଲେ। ଜିଲ୍ଲା କଂଗ୍ରେସର ଅନ୍ତରୀଣ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସଭାରେ ପୂର୍ବତନ ସଭାପତି ବିରେନ ସେନାପତି, ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ପ୍ରଶାନ୍ତ ସେଠୀ, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ସୁଶୀଲ କିଣ୍ଡୋ, ମହିଳା ସଭାନେତ୍ରୀ ନିରୂପମା ବଳିୟାରସିଂ, ଆଦିବାସୀ କଂଗ୍ରେସର ପୂର୍ବତନ ଅଧ୍ୟକ୍ଷ ରାଜେଶ ଟପ୍ପୋ, ରାଜ୍ୟ ମହିଳା କଂଗ୍ରେସ ସମ୍ପାଦିକା ଫିଲିସିତା ଚେରୁଆ, ଜିଲ୍ଲା କଂଗ୍ରେସ ସମ୍ପାଦିକା ସୁନୀତା ଲାକ୍ରା, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର ପ୍ରମୁଖ ବକ୍ତବ୍ୟ ରଖି ସୁନ୍ଦରଗଡ ଜିଲ୍ଲାକୁ ପୁନଶ୍ଚ କଂଗ୍ରେସର ଗଡରେ ପରିଣତ କରିବା ପାଇଁ ଆହ୍ୱାନ ଦେଇ ଏହା ଜିଲ୍ଲାର ଆଦିବାସୀ ଭାଇ ଓ ଭଉଣୀମାନେ ଚାହିଁଲେ ନିଶ୍ଚିତ ହୋଇପାରିବ ବୋଲି କହିଥିଲେ। ପ୍ରାରମ୍ଭରେ ଜିଲ୍ଲା କଂଗ୍ରେସ ଆଦିବାସୀ ବିଭାଗ ତରଫରୁ ଶ୍ରୀ ମାଝିଙ୍କୁ ଆଦିବାସୀ ପରମ୍ପରା ଅନୁଯାୟୀ ମହିଳା କଂଗ୍ରେସର ରାଜ୍ୟ ସମ୍ପାଦିକା କଲ୍ୟାଣୀ ପୂର୍ତ୍ତି, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦିକା ତୁଳସୀ ନାଗ, ଝୁନୁ ପଟ୍ଟନାୟକ ଓ ରୁକସାନା ବେଗମ ପ୍ରମୁଖ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଉପସଭାପତି ଉମେଶ ଶରଣ ଧନ୍ୟବାଦ ଦେଇଥିବା ବେଳେ ଅନ୍ୟମାନଙ୍କ ମଧ୍ୟରେ ଡେଭିଡ ପ୍ରଧାନ, ଅନୁପ ଖେଡିଆ, ଲୋକନାଥ ଭୂମିଜ, ଇଂ. ଶିବୁ ଓରାମ, ଧନଂଜୟ ମୁଣ୍ଡା, ମୁଖପାତ୍ର କୈଳାସ ସାହୁ, ଦିଲ୍ଲୀପ ଜେନା, ନିର୍ମଳା ସେକ୍, ଅଜୟ ଖାଲକୋ, ଅମୀତ ତିର୍କୀ, ସେବାଦଳର ବୁଲୁ ଦାସ, ରେହେମାନ ଖାନ, ବିଶ୍ୱଜିତ ସାହୁ, ରାଜୁ ପ୍ରସାଦ, ସେକ୍ ସମୀର ପ୍ରମୁଖଙ୍କ ସମେତ ବହୁ କଂଗ୍ରେସ କର୍ମୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି।

## ଜିଲ୍ଲାସ୍ତରୀୟ କ୍ରୀଡା ଦିବସ ପାଳିତ

ଖୋର୍ଦ୍ଧା (ପିଏନ)-ଜାତୀୟ କ୍ରୀଡା ଦିବସ ଅବସରରେ ହକି ଖେଳର କିମ୍ବଦନ୍ତୀ ମେଜର ଧ୍ୟାନଚାନ୍ଦଙ୍କ ଜନ୍ମ ବାର୍ଷିକୀ ସ୍ମୃତିକୁ ଉଜ୍ଜିବୀତ କରିବା ପାଇଁ ଏହି ଦିବସଟିକୁ ପାଳନ କରାଯାଇଛି। ଏ ନେଇ ଜିଲ୍ଲା ଶିକ୍ଷାଧିକାରୀ ବିଶ୍ୱନାଥ ତରାଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ପତାକା ଦେଖାଇ ଶୁଭାରମ୍ଭ କରିବା ପରେ ଏକ ସଚେତନତା ଶୋଭାଯାତ୍ରା ବାହାରି ସହର ପରିକ୍ରମା କରାଯାଇଥିଲା। ଏହି ଶୋଭାଯାତ୍ରାରେ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଶିକ୍ଷକ/ଶିକ୍ଷୟିତ୍ରୀ ପ୍ରମୁଖ ସାମିଲ ହୋଇଥିବା ବେଳେ ପ୍ରାରମ୍ଭରେ ଏକ ସଭା ସହ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା। କ୍ରୀଡା ହେଉଛି ଜୀବନରେ ନିହାତି ଆବଶ୍ୟକତା ରହିଥିବା ବେଳେ ଚିତ ବିନୋଦନ ସହ ସୁସ୍ଥ ଜୀବନଯାପନ ନିମନ୍ତେ ଏକ ମହୌଷଧି ଭଳି କାର୍ଯ୍ୟ କରିଥାଏ। ଲକ୍ଷ୍ୟ ହାସଲ ହେଉଛି ହେଉଛି କ୍ରୀଡାର ମୌଳିକତା ଓ ଏହାକୁ ପାଥେୟ କରି ଜୀବନରେ ଅନେକ ଶିକ୍ଷଣୀୟ କଥା ଅନୁଭବ କରାଯାଇପାରେ। ଅନେକ ଭଲ ଛାତ୍ର ପାଠପଢା ବ୍ୟତୀତ କ୍ରୀଡାରେ ନିଜର କ୍ୟାରିୟର ଗଠନ କରିବାକୁ ଆଗ୍ରହୀ ହେବା ଅନେକ ଉଜ୍ଜ୍ୱଳ ଉଦାହରଣ ରହିଛି। ସେହିଭଳି କ୍ରୀଡା କ୍ଷେତ୍ରରେ ଉଭୟ ପୁରୁଷ ଓ ମହିଳାଙ୍କ ସମେତ ଦିବ୍ୟାଙ୍ଗ ମାନଙ୍କ ପାଇଁ ସମାନ ସୁଯୋଗ ରହିଛି। ପୂର୍ବାପେକ୍ଷା ବିଭିନ୍ନ କ୍ରୀଡାର ପରିସର ବ୍ୟାପକ ହେଉଥିବା ଦୃଷ୍ଟିରୁ ପେଶାଦାର ମାନଙ୍କ ପାଇଁ ମଧ୍ୟ ସମ୍ମାନର ସହ ରୋଜଗାର ଦେବାର ଏକ ମାଧ୍ୟମ ପାଲଟିଛି। ବିଦ୍ୟାଳୟ ସ୍ତରରୁ କ୍ରୀଡା ଭିତିଭୂମିସୁଦୃଢ କରିବା ନିମନ୍ତେ ସରକାରଙ୍କ ପକ୍ଷରୁ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଇଛି। ଏହାକୁ ଉପଯୋଗ କରି ଜଣେ ସଫଳ କ୍ରୀଡାବିତ ହୋଇ ପାରିବ ବୋଲି ଅତିଥି ମାନେ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ଜିଲ୍ଲା କ୍ରୀଡା ଅଧିକାରୀ ଅଜୟ କୁମାର ବେହେରା, ବ୍ଲକ ଶିକ୍ଷାଧିକାରୀ ସନ୍ଧ୍ୟାରାଣୀ ରାଉତ, ଜିଲ୍ଲା ଶାରିରୀକ କ୍ରୀଡା ନିରୀକ୍ଷକ ପଠାଣି ଆଗ୍ରାସିଂହ ଓ କ୍ରୀଡା ସମୀକ୍ଷକ ଆଶିଷ ରାୟ ପ୍ରମୁଖ ଅଂଶ ଗ୍ରହଣ କରିଥିଲେ।

## ଆରୁହାରେ ବେଆଇନ କଳାପଥର ଖାଦାନ ମାଫିଆଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଲୋକାୟୁକ୍ତଙ୍କ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅନ୍ତର୍ଗତ ଆରୁହା କଳାପଥର ଖାଦାନରେ ବେଆଇନ ଭାବେ କଳାପଥର ଉତୋଳନ କରିଥିବା ପ୍ରଭାକର ଜେନାଙ୍କ ଉପରେ ଲାଗୁ ହୋଇଥିବା ଜୋରିମାନା ଆଦାୟ କରିବାକୁ ପ୍ରଶାସନ ଟାଳଟୁଳ ନିତି ଅବଲମ୍ବନ କରିବା ନେଇ ଲୋକାୟୁକ୍ତଙ୍କ ନିକଟରେ ଅଭିଯୋଗ ହୋଇଥିଲା। ଲୋକାୟୁକ୍ତ ଏହାର ଶୁଣାଣୀ କରି ଯାଜପୁର ଜିଲ୍ଲାପାଳ ଓ ତହସିଲଦାରଙ୍କୁ ସେପଟେମ୍ବର ୨୭ ତାରିଖ ମଧ୍ୟରେ ହାଜିର ହୋଇ ଏହାର ଉତର ରଖିବାକୁ ନିର୍ଦ୍ଦେଶ ଦେଇଛନ୍ତି। ସୂଚନା ମୁତାବକ ଆରୁହା କଳପଥର ପାହାଡର ଖାତା ନଂ ୭୭୯ ଓ ପ୍ଲଟ ନଂ ୨୮୧୦ରେ ଆରୁହା ଗ୍ରାମର ପ୍ରଭାକର ଜେନା ନାମକ ବ୍ୟକ୍ତି ବେଆଇନ ଭାବେ ପଥର ଉତୋଳନ କରି ଅନ୍ୟତ୍ର ଚାଲାଣ କରିବା ସହ ସେଠାରେ ଥିବା ତାଙ୍କର କ୍ରସରରେ ଭଙ୍ଗା ଯାଇଥିବା ନେଇ ସ୍ଥାନୀୟ ଅଂଚଳର ମନୋରନ ଜେନା ଫେବୃଆରୀ ୨୦୧୯ ମସିହାରେ ଧର୍ମଶାଳା ତହସିଲଦାରଙ୍କ ନିକଟରେ ଅଭିଯୋଗ କରିବା ସହ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଏହାକୁ ନେଇ ଧର୍ମଶାଳା ତତକାଳିନ ତହସିଲଦାର ଏହାର ତଦନ୍ତ କରିବାକୁ ସ୍ଥାନୀୟ ଆରଆଇଙ୍କୁ ନିର୍ଦ୍ଦେଶ ଦେଇଥିଲେ। ତେବେ ତଦନ୍ତ ସମୟରେ ସେଠାରେ ବେଆଇନ ଖାଦାନ ଚାଲିଥିବା ବେଳେ ବହୁପରିମାଣର କଳାପଥର ଉତୋଳନ ହୋଇଥିବା ନେଇ ଆରଆଇ ତହସିଲଦାରଙ୍କୁ ରିପୋର୍ଟ କରିଥିଲେ। ଏହାକୁ ଭିତିକରି ତହସିଲଦାର ଥାନାରେ ଅଭିଯୋଗ କରିବା ପରେ ପୁଲିସ ପ୍ରଭାକର ଜେନାଙ୍କୁ ଗିରଫ କରି କୋର୍ଟ ଚାଲାଣ କରିବା ସହିତ ତାଙ୍କ କ୍ରସରକୁ ସିଲ୍ କରିଥିଲା। ତଦନ୍ତ ସମୟରେ ସେଠାରୁ କେତେ ପରିମାଣର କଳାପଥର ଉତୋଳନ ହୋଇଛି ତାହାର ଏକ ରିପୋର୍ଟ ପ୍ରସ୍ତୁତ କରିବାକୁ ତହସିଲଦାର ନିର୍ଦ୍ଦେଶ ଦେଇଥିଲେ। ସମ୍ପୃକ୍ତ ଅଂଚଳର ଆରଆଇ ଏବଂ ପୁଲିସ ମିଳିତ ଭାବେ ସେଠାରେ ତଦନ୍ତ କରି ୨ଲକ୍ଷ ସିଏମ କଳାପଥର ଚାଲାଣ ହୋଇଥିବା ମାପଚୁପରେ ଜଣାପଡିଥିଲା। ଯାହାର ମୂଲ୍ୟ ୨ କୋଟି ୬୦ ଲକ୍ଷ ଟଙ୍କା ଆକଳନ କରାଯାଇଥିଲା। ହେଲେ ଏହି ଘଟଣାକୁ ୨ ବର୍ଷ ବିତିଯାଇଥିଲେ ହେଁ ତହସିଲ ପକ୍ଷରୁ ସମ୍ପୃକ୍ତ ମାଫିଆଙ୍କଠାରୁ ଜୋରିମାନା ଆଦାୟ କରିବାରେ ବିଫଳ ହେବା ନେଇ ଅଭିଯୋଗକାରୀ ମନୋରଂଜନ ଜେନା ଲୋକାୟୁକ୍ତଙ୍କ ନିକଟରେ ଅଭିଯୋଗ କରିଥିଲେ। ଲୋକାୟୁକ୍ତ ୨୨୬/ ୨୨ରେ ଏକ ମାମଲା ରୁଜୁ କରିଥିଲେ। ଏହି ଘଟଣାର ବିଚାର କରି ଯାଜପୁର ଜିଲ୍ଲାପାଳ ଓ ଧର୍ମଶାଳା ତହସିଲଦାରଙ୍କୁ ଆସନ୍ତା ୨୭ ସେପ୍ଟେମ୍ବର ମଧ୍ୟରେ ହାଜିର ହୋଇ ଘଟଣା ଉପରେ ପ୍ରଶାସନ ପକ୍ଷରୁ କି ପଦକ୍ଷେପ ନିଆଯାଇଛି ତାହା ଲୋକାୟୁକ୍ତଙ୍କୁ ଜଣାଇବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଏନେଇ ଧର୍ମଶାଳା ତହସିଲଦାର ସ୍ୱାଗତ ଦାସଙ୍କୁ ଯୋଗାଯୋଗ କରିବାରୁ ସେ କହିଲେ ଯେ ଲୁଟ ହୋଇଥିବା କଳାପଥରର ଆକଳନ କରାଯାଇଛି। ଲୋକାୟୁକ୍ତଙ୍କ ନିର୍ଦ୍ଦେଶ ଆସିଲେ ପ୍ରଭାକର ଜେନାଙ୍କ ଠାରୁ ଜରିମାନା ଆଦାୟ ହେବ।

## ଡ. ଭାଗବତ ପ୍ରସାଦ ଦାସଙ୍କ "ସାନ୍ତାଳୀ ଲୋକକଥା" ଲୋକାର୍ପିତ



ବାଲେଶ୍ୱର (ପିଏନ୍)- ବାଲେଶ୍ୱର ରେମୁଣାର ସାହିତ୍ୟିକ ଡ. ଭାଗବତ ପ୍ରସାଦ ଦାସଙ୍କ ଦଶମ ପୁସ୍ତକ 'ସାନ୍ତାଳୀ ଲୋକକଥା' ମହାବୀର ଆବାସିକ ଉଚ୍ଚ ବିଦ୍ୟାଳୟ ପରିସରରେ ଲୋକାର୍ପିତ ହୋଇଯାଇଛି। ବିଦ୍ୟାଳୟର ପ୍ରଧାନ ଶିକ୍ଷୟତ୍ରୀ ମୋନାଲିସା ଦାସଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଗବେଷକ ହରେକୃଷ୍ଣ ଗିରି, ଆଲୋଚକ କବି ନିରଞ୍ଜନ ସାହୁ, ସମ୍ମାନୀୟ ଅତିଥି ନାଟ୍ୟକାର ପ୍ରଦୀପ କୁମାର ମିଶ୍ର, ନୟନ କୁମାର ପଣ୍ଡା, ରାଧା ଗୋବିନ୍ଦ ମାହାର୍ଣ୍ଣା, ସଞ୍ଜୟ କୁମାର ପ୍ରଧାନ ପ୍ରମୁଖ ଯୋଗ ଦେଇ ଡ. ଦାସଙ୍କ ସାରସ୍ୱତ କୃତିକୁ ଭୂୟସୀ ପ୍ରଶଂସା କରିଥିଲେ। ସମୀକ୍ଷକ ଶ୍ରୀଯୁକ୍ତ ସାହୁ ପୁସ୍ତକଟି ସମୀକ୍ଷା ସାନ୍ତାଳୀ ଜୀବନଚର୍ଯ୍ୟା, ସେମାନଙ୍କ ପର୍ବ ପର୍ବାଣୀ, ଭାଷା, ଲୋକ ଗୀତ, ଢ଼ଗ ଢ଼ମାଳୀ ତଥା ସାନ୍ତାଳୀ ଲୋକକଥା ସହଜ, ସରଳ ଓ ବୋଧଗମ୍ୟ ଭାଷାରେ ଏଥିରେ ସନ୍ନିବେଶିତ ବୋଲି ମତ ଦେଇଥିଲେ। ବିଦ୍ୟାଳୟର ଛାତ୍ରୀ ବୃନ୍ଦ ସ୍ୱାଗତ ସଂଗୀତ ଗାନ କରିଥିଲା ବେଳେ ପଣ୍ଡିତ ପୂର୍ଣ୍ଣଚନ୍ଦ୍ର ପଣ୍ଡା ମଙ୍ଗଳାଷ୍ଟକ ପାଠ କରିଥିଲେ। ଲେଖକ ଡ. ଦାସ ଲେଖକୀୟ ଅଭିମତ ପ୍ରକାଶ କରିଥିଲା ବେଳେ ଶିକ୍ଷକ ରାଧାରଞ୍ଜନ ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷକ ବରୁଣ କୁମାର ନାୟକ, ସତ୍ୟବ୍ରତ ବାଗ୍, ଶିକ୍ଷୟତ୍ରୀ ମୌସୁମୀ ବାରିକ, ଶୁଭସ୍ମିତା ପତି, ପୂର୍ଣ୍ଣିମା ପ୍ରଧାନ, ରଞ୍ଜିତା ସାନ୍ତରା, ମଧୁସ୍ମିତା ମହାଳିକ, ଲକି ବେହେରା, ଅର୍ପିତା ରାଉତ, ସ୍ୱପ୍ନା ମହାପାତ୍ର, ବାସନ୍ତୀ ପରିଡ଼ା, ସରୋଜ ପତି ପ୍ରମୁଖ ଉପସ୍ଥିତ ଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିନିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

# ବାଂଶପାଣି ରେଳସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର

## ଡାମେଜ କଟ୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ୍ୟ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/ ୨୦୨୦ ଦଫା ୧୪୭/୧୪୮/ ୪୫୨/୩୨୩/୩୨୫/୪୩୬/ ୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗସ୍ତ ହୋଇଛି । ସ୍ଥାନୀୟ ଅଧୀବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ୍ୟ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣାରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଘାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳରେ ଭୟର ବା ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାପ୍ତ ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ୍ୟ ଯୋଡା ଥାନା ପୋଲିସ ଏଜାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଜାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ୍ୟ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।

# ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ଥ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ୱରୁପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

# ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

# ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/ ୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧ୍ୟକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧ୍ୟକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ୍ୟ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲିକ ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

# ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ୍ୟ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ୍ୟ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ୍ୟ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ୍ୟ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।



୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ଖେଳ ପର୍ଯ୍ୟବେକ୍ଷକ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

Bhubaneswar Monday May 12 | ଭୁବନେଶ୍ୱର ସୋମବାର, ୧୨, ୨୦୨୫ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com | ୮

# ସମ୍ଭାବ୍ୟ ଯୁଦ୍ଧ ପରିସ୍ଥିତି ର ମୁକାବିଲା ନିମନ୍ତେ ଜରୁରୀ କାଳୀନ ବୈଠକ ଅନୁଷ୍ଠିତ : ବୁଧବାର ଅପରାହ୍ନ ୪ଟା ରେ ମକ ଡ୍ରିଲ



ପାରାଦ୍ୱୀପ (ପି.ଏନ): ସାମ୍ଭାବ୍ୟ ଯୁଦ୍ଧ ପରିସ୍ଥିତି ର ମୁକାବିଲା ନିମନ୍ତେ ସମସ୍ତ ନାଗରିକ ଙ୍କୁ ସତର୍କ ଓ ସୁରକ୍ଷିତ ରଖିବା ପାଇଁ କେନ୍ଦ୍ର ତଥା ରାଜ୍ୟ ସରକାର ଙ୍କ ଗୃହ ବିଭାଗ ନିର୍ଦ୍ଦେଶ ଅନୁସାରେ ଓଡିଶା ର ଯେଉଁ ୧୨ ଗୋଟି ଜିଲ୍ଲାକୁ ସମ୍ଭାବ୍ୟ ଯୁଦ୍ଧକୁ ନେଇ ସତର୍କ ସୂଚ଼ନା ଦିଆଯାଇଛି ସେମାନଙ୍କ ମଧ୍ୟରୁ ଜଗତସିଂହପୁର ଜିଲ୍ଲା ର ପାରାଦୀପ ଅନ୍ୟତମ। ଏହି ପରିପ୍ରେକ୍ଷୀରେ ଆସନ୍ତା କାଲି ବୁଧବାର ଦିନ ଜିଲ୍ଲା ପ୍ରଶାସନ ପକ୍ଷରୁ ଏକ ମକ ଡ୍ରିଲର ବ୍ୟବସ୍ଥା ଅପରାହ୍ନ ୪ଟା ସମୟରେ ପାରାଦ୍ୱୀପ ସ୍ଥିତ ଷଣ୍ଢକୁଦ ଠାରେ ଆୟୋଜନ କରାଯାଇଛି ବୋଲି ଜିଲ୍ଲାପାଳ ଜେ ସୋନାଲ ସୂଚ଼ନା ଦେଇଛନ୍ତି। ଏହି ମକ ଡ୍ରିଲ ଆୟୋଜନ ସମ୍ପର୍କରେ ଏକ ପ୍ରସ୍ତୁତି ବୈଠକ ପାରାଦ୍ୱୀପ ସ୍ୱତନ୍ତ୍ର ସର୍କିଟ ହାଉସ ଠାରେ ଅନୁଷ୍ଠିତ ହୋଇଥିଲା। ଜିଲ୍ଲାପାଳ ଏହି ବୈଠକରେ ଅଧ୍ୟକ୍ଷତା କରିବା ସହ ମକ ଡ୍ରିଲ ପାଇଁ ସରକାର ଧାର୍ଯ୍ୟ କରିଥିବା ମାର୍ଗଦର୍ଶିକା ଆଧାରରେ ସମସ୍ତ କାର୍ଯ୍ୟ ପରିଚ଼ାଳନା ପାଇଁ ଅନୁରୋଧ କରିଥିଲେ। ସମ୍ଭାବ୍ୟ ଯୁଦ୍ଧ ସମୟରେ ସାଧାରଣ ଜନତା କିଭଳି ସୁରକ୍ଷିତ ରହିବେ, ଧନଜୀବନ କିଭଳି ନଷ୍ଟ ନହେବ ଏବଂ ଏହାର ପରବର୍ତ୍ତୀ ସମୟରେ କିଭଳି ଉଦ୍ଧାର ଓ ଚ଼ିକିତ୍ସା କରାଯିବ ଓ ଯଦି କୌଣସି ଆପତ୍ତକାଳୀନ ଅସୁବିଧା ହୁଏ ତେବେ ସେ ସମୟରେ କଣସବୁ କାର୍ଯ୍ୟପନ୍ଥା ରହିବ ସେ ବିଷୟରେ ଜିଲ୍ଲାପାଳ ଆଲୋକପାତ କରିଥିଲେ କ୍ଷ ଅପରାହ୍ନ ୪ଟା ରେ ସାଇରନ ୫ ମିନିଟ ପାଇଁ ବାଜିବ। ସାଇରନ ଶବ୍ଦ ଶୁଣିବା ମାତ୍ରେ ବାହାରେ ଥିବା ପ୍ରତ୍ୟେକ ନାଗରିକ ସୁରକ୍ଷିତ ଛାତ ଘର,କୋଠା, ବିଲ୍ଡିଂ ଇତ୍ୟାଦି ମଧ୍ୟ କୁ ପ୍ରବେଶ କରି ସୁରକ୍ଷିତ ରହିବେ। ସେମାନଙ୍କୁ ସୁରକ୍ଷାକର୍ମୀ ଓ ସ୍ୱେଚ୍ଛାସେବୀ ମାନେ ସହଯୋଗ କରିବେ। ସିଭିଲ ଡିଫେନ୍ସ ର କର୍ମକର୍ତ୍ତା ମାନେ ଏଥିରେ ସହଯୋଗ କରିବେ । ଆକ୍ରମଣ ଶେଷ ହେବାର ସୂଚ଼ନା ଭାବେ ପୁନଶ୍ଚ ସାଇରନ ବାଜିଲେ ନାଗରିକ ମାନେ ପୂର୍ବବତ ସ୍ୱାଭାବିକ କାର୍ଯ୍ୟ କରି ପାରିବେ। ଏହି ମକ ଡ୍ରିଲ ସମୟରେ ଅଭ୍ୟାସ ପାଇଁ ଆହତ ହୋଇ ଥିବା ଲୋକ ଙ୍କୁ ଉଦ୍ଧାର ଓ ଚ଼ିକିତ୍ସା ପାଇଁ ଆମ୍ବୁଲାନ୍ସ ମଧ୍ୟ ପ୍ରସ୍ତୁତ ହୋଇ ରହିଥିବ। ଏ ସବୁ ମକ ଡ୍ରିଲ ବା ଛାୟା ଯୁଦ୍ଧ ର ଅଭ୍ୟାସ କାର୍ଯ୍ୟକ୍ରମ ହୋଇ ଥିବାରୁ ସାଧାରଣ ଜନତା ଆଦୌ ଭୟଭୀତ ନ ହେବାକୁ ପ୍ରଶାସନ ପକ୍ଷରୁ ଅନୁରୋଧ କରାଯାଇଛି। ଗୁଜବରେ ବିଶ୍ୱାସ କରିବା ନାହିଁ କିମ୍ବା ପ୍ରସାର କରିବା ନାହିଁ ବୋଲି ଜିଲ୍ଲାପାଳ ଅନୁରୋଧ କରିଛନ୍ତି। ଏହି ମକ ଡ୍ରିଲ ସମ୍ପର୍କରେ ଆବଶ୍ୟକୀୟ ସତର୍କ ସୂଚ଼ନା ଏବଂ ସଚେତନତା ବାର୍ତ୍ତା ସ୍ୱଚ୍ଛ ସାଥୀ, ଅଙ୍ଗନୱାଡି କର୍ମୀ, ୱାର୍ଡ ଅଫିସର ଆଦି ମାନଙ୍କ ଦ୍ୱାରା ପ୍ରଭାବିତ ହେବାକୁ ଥିବା ଅଞ୍ଚଳ ରେ ପ୍ରଚ଼ାର କରାଇବାକୁ ଜିଲ୍ଲାପାଳ ଅତିରିକ୍ତ ଜିଲ୍ଲାପାଳ ପାରାଦ୍ୱୀପ ଓ ପୌର ନିର୍ବାହୀ ଅଧିକାରୀ ଙ୍କୁ ପରମର୍ଶ ଦେଇଛନ୍ତି। ଜିଲ୍ଲା ରେ କେବଳ ଯୁଦ୍ଧ ପରି ନୁହେଁ ବରଂ ଆବଶ୍ୟକ ପଡିଲେ ଯୁଦ୍ଧ ର ସମସ୍ତ ପ୍ରକାର ପ୍ରସ୍ତୁତି ନିମନ୍ତେ ଜିଲ୍ଲାପାଳ ସମସ୍ତ ଶିଳ୍ପ ସଂସ୍ଥା ର ବିଭାଗୀୟ ମୁଖ୍ୟ, ପ୍ରଶାସନିକ ଅଧିକାରୀ ମାନଙ୍କୁ ଉପଦେଶ ଦେଇଥିଲେ। ଏହିପରି ସ୍ଥିତି ରେ ଛୋଟ ପିଲା, ଗର୍ଭବତୀ ମହିଳା, ବୟସ୍କ ବ୍ୟକ୍ତି, ମାନଙ୍କୁ ଅଗ୍ରାଧିକାର ଭିତ୍ତି ରେ ଉଦ୍ଧାର କରିବା ପାଇଁ ସେ ପରାମର୍ଶ ଦେବା ସହ ଯୁବପିଢୀ ଙ୍କୁ ମଧ୍ୟ ସ୍ୱତଃ ସ୍ଫୁର୍ତ୍ତ ଭାବେ ଏହି ଉଦ୍ଧାର କାର୍ଯ୍ୟ ରେ ଭାଗ ନେବାପାଇଁ ଜିଲ୍ଲାପାଳ ଆହ୍ୱାନ ଦେଇଥିଲେ।ଏହି ବୈଠକରେ ଉପସ୍ଥିତ ରହି ପାରାଦ୍ୱୀପ ବନ୍ଦର କର୍ତ୍ତୃପକ୍ଷ ର ଉପାଧ୍ୟକ୍ଷ ଶ୍ରୀ ନୀଳାଦ୍ରି ଦାସ ଗୁପ୍ତ କହିଲେ ଯେ ଭୟଭୀତ ନ ହୋଇ ସତର୍କ ତଥା ସଜାଗ ରହିଲେ ସମସ୍ତ ବିପତ୍ତି କୁ ଏଡ଼ ଯାଇ ପାରିବ।ଜଗତସିଂହପୁର ଜିଲ୍ଲା ପ୍ରାକୃତିକ ବିପର୍ଯ୍ୟୟ ପରିଚ଼ାଳନା ରେ ଅଗ୍ରଣୀ ଭୂମିକା ଗ୍ରହଣ କରିଛି। ତେଣୁ ସମ୍ଭାବ୍ୟ ଯୁଦ୍ଧ ପରି ଏକ ଅଭାବନୀୟ ପରିସ୍ଥିତି କୁ ମଧ୍ୟ ଆବଶ୍ୟକ ସ୍ଥଳେ ମୁକାବିଲା କରିବା ପାଇଁ ସମସ୍ତ ସାଧ ଅତ୍ୟାବଶ୍ୟକ ସାମଗ୍ରୀ ଓ ସଚେତନ ଜନ ସାଧାରଣ ଙ୍କ ସହଯୋଗ ଆବଶ୍ୟକ।ଏସ ପି ଶ୍ରୀ ଭବାନୀ ଶଙ୍କର ଉଦ୍ଗାତା ମଧ୍ୟ ଭୟଭୀତ ନ ହୋଇ ସତର୍କ ରହିବାକୁ ଜନ ସାଧାରଣ ଙ୍କୁ ଅନୁରୋଧ କରିଥଲେ। ଏହି ଜରୁରୀ କାଳୀନ ବୈଠକ ରେ ଅନ୍ୟ ମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ଶ୍ରୀ ସମ୍ବିତ କୁମାର ରାଉତ, ଅତିରିକ୍ତ ଜିଲ୍ଲାପାଳ ପାରାଦ୍ୱୀପ ଶ୍ରୀ ନିରଞ୍ଜନ ବେହେରା, ଆଇ ଆର ଟି ଏସ ର ଆସିଷ୍ଟାଣ୍ଟ ରିଜିଓନାଲ ମ୍ୟାନେଜର ଶ୍ରୀ ଅର୍ଘ୍ୟ ପଟ୍ଟନାୟକ,ଅତିରିକ୍ତ ଆରକ୍ଷୀ ଅଧିକ୍ଷକ, ପାରାଦ୍ୱୀପ ଶ୍ରୀ ସ୍ମୃତି ରଞ୍ଜନ କର, ପାରାଦ୍ୱୀପ ପୌର ପରିଷଦ ଅଧ୍ୟକ୍ଷ ଶ୍ରୀ ବସନ୍ତ କୁମାର ବିଶ୍ୱାଳ, ପୌର ନିର୍ବାହୀ ଅଧିକାରୀ ଶ୍ରୀ ଅଭିଷେକ ପଣ୍ଡା, ତହସିଲଦାର କୁଜଙ୍ଗ ଶ୍ରୀ ସ୍ୱରୂପ ନନ୍ଦନ ବେହେରା,ଡେପୁଟି କଲେକ୍ଟର ଜରୁରୀ ବିଭାଗ ଅନିଶା ଦାସ,ଆଇ ଓ ସି ଏଲ, ପି ପି ଏଲ, ଇଫ୍କୋ, ଜେ ଏସ ଡବ୍ଲୁ ର ମୁଖ୍ୟ, ସମସ୍ତ ବିଭାଗୀୟ ଅଧିକାରୀ,କୋଷ୍ଟ ଗାର୍ଡ, ସିଭିଲ ଡିଫେନ୍ସ, ଅନ୍ୟାନ୍ୟ ଜିଲ୍ଲା ସ୍ତରୀୟ ଅଧିକାରୀ ଓ ସୁରକ୍ଷା ଅଧିକାରୀ ମାନେ ଉପସ୍ଥିତ ରହି ଆଲୋଚ଼ନାରେ ଅଂଶଗ୍ରହଣ କରିଥିଲେ।

## ରାଜ୍ୟ ବିଦ୍ୟୁତ ଭାର ପ୍ରେରଣ କେନ୍ଦ୍ର ପରିଦର୍ଶନ କଲେ ରାଜ୍ୟପାଳ

ଭୁବନେଶ୍ୱର,(ପି.ଏନ): ଆଜି ଅପରାହ୍ନରେ ରାଜ୍ୟପାଳ ଡ. ହରି ବାବୁ କମ୍ଭମ୍ପାଟି ମଂଚେଶ୍ୱର ରେଲୱେ ରୋଡସ୍ଥିତ ରାଜ୍ୟ ବିଦ୍ୟୁତ ଭାର ପ୍ରେରଣ କେନ୍ଦ୍ର (ଏସ୍ଏଲ୍ଡିସି) ପରିଦର୍ଶନ କରିଛନ୍ତି। ଏହି ଅବସରରେ ରାଜ୍ୟପାଳ ଏସଏଲଡିସିର ଦୈନନ୍ଦିନ କାର୍ଯ୍ୟ ପରିଚାଳନା ସହିତ ଏହାର ନିୟନ୍ତ୍ରଣ କକ୍ଷ (କଂଟ୍ରୋଲ ରୁମ୍) ପରିଦର୍ଶନ କରି ସେଠାରେ ଚାଲୁଥିବା ବିଭିନ୍ନ କାର୍ଯ୍ୟକଳାପ ସଂମ୍ପର୍କରେ କର୍ତ୍ତୃପକ୍ଷଙ୍କ ସହ ବିସ୍ତୃତ ଆଲୋଚନା କରିଥିଲେ। ଏସ୍ଏଲ୍ଡିସିର କାର୍ଯ୍ୟାବଳୀ, ରାଜ୍ୟର ବିଦ୍ୟୁତ ବ୍ୟବସ୍ଥାରେ ଏହାର ଗୁରୁତ୍ୱ ଏବଂ ବିଦ୍ୟୁତ ଗ୍ରୀଡର ନିରବଚ୍ଛିନ୍ନ ପରିଚାଳନା ପାଇଁ ଏହା କିପରି କାର୍ଯ୍ୟ କରୁଛି ସେ ବିଷୟରେ କର୍ମକର୍ତ୍ତା ରାଜ୍ୟପାଳଙ୍କୁ ଅବଗତ କରାଇଥିଲେ।

# ସାଲେପୁର- ଛତିଆ ପୂର୍ତ୍ତ ବିଭାଗ ରାସ୍ତାର ଉଭୟ ପାର୍ଶ୍ୱରେ ବୃକ୍ଷରୋପଣ ପାଇଁ ଦାବି

ମାହାଙ୍ଗା,(ପି.ଏନ): ସାଲେପର- ଛତିଆ ପୂର୍ତ୍ତ ବିଭାଗ ରାସ୍ତା ପ୍ରଶସ୍ତୀକରଣ ସମୟରେ ସାଲେପୁରଠାରୁ ଖନ୍ଦୋଳ ଓସ୍ତମୂଳ ଛକ ପର୍ଯ୍ୟନ୍ତ ମୋଟ ୨୩୧ ଗୋଟି ଗଛ ରାସ୍ତାକଡରେ ରହିଥିଲା । ୨୩୧ ଟି ଗଛଗୁଡିକୁ କାଟିବା ପାଇଁ ଚିହ୍ନଟ କରାଯାଇଥିଲା । ସେଥିମଧ୍ୟରୁ ୨୨୧ ଟି ଗଛ କଟାଯାଇଛି ଓ ୧୦ ଟି ଗଛକଟାଯାଇ ନାହିଁ । ରାସ୍ତା ପ୍ରଶସ୍ତୀକରଣ ନିମନ୍ତେ ଗଛ କାଟିବା ପାଇଁ ଡି.ଏମ୍. ଓଡିଶା ବନ ଉନ୍ନୟନ ନିଗମ ଖପୁରିଆଙ୍କୁ ଅଧିକୃତ କରାଯାଇଥିଲା । ଗଛ କାଟିବା ପାଇଁ ପୂର୍ତ୍ତ ବିଭାଗ ତରଫରୁ ସାଲେପୁର ତହସିଲ ପକ୍ଷରୁ ଜ୍ଞାପକ ସଂଖ୍ୟା ୨୮୫, ତା. ୯.୧.୨୦୨୪ ରିଖରେ ଅବଗତ କରାଯାଇଥିବା ବନା ଳ ଅଧିକାରୀ କଟକ ଜ୍ଞାପକ ସଂଖ୍ୟା ୧୨୪୩, ତା.୨୧.୦୯.୨୦୨୪ ରିଖରେ ପ୍ରଦାନ ସୂଚନା ତଥ୍ୟରୁ ଜଣାପଡିଥିଲା। ସେହିପରି ବନଖଣ୍ଡ ଅଧିକାରୀ ତଥା ବନ୍ୟପ୍ରାଣୀ ତତ୍ୱାବଧାରକ କାର୍ଯ୍ୟାଳୟ କଟକ ବନଖଣ୍ଡ ମେମୋ ନଂ ୮୧୭୪, ତା.୨.୯.୨୦୨୪ ରିଖରେ ପ୍ରଦାନ ସୂଚନା ତଥ୍ୟରେ ମାହାଙ୍ଗା ତହସିଲ କାର୍ଯ୍ୟାଳୟ ଅଧିନରେ ଥିବା ଖନ୍ଦୋଳ- ଓସ୍ତମୂଳ ଛକଠାରୁ କଇଥା ଚମ୍ପାପୁର ପର୍ଯ୍ୟନ୍ତ ପୂର୍ତ୍ତ ବିଭାଗ ରାସ୍ତା ପ୍ରଶସ୍ତକରଣ ସମୟରେ ରାସ୍ତାର ଉଭୟ ପାର୍ଶ୍ୱରେ ଥିବା ମୋଟ ୧୨୩୪ ଟି ଗଛ ରହିଥିଲା। ରାସ୍ତା ପ୍ରଶସ୍ତୀକରଣ ପାଇଁ ୧୨୩୪ ଟି ଗଛ କଟାଯିବା ପାଇଁ ଚିହ୍ନଟ ହୋଇଥିଲା । ସେଥି ମଧ୍ୟରୁ ୧୨୧୫ ଟି ଗଛ କଟାଯାଇଥିଲା ବେଳେ ୧୯ ଟି ଗଛ କଟାଯାଇ ନାହିଁ। ଏଠାରେ ପ୍ରଶ୍ନ ଉଠୁଛି ଯେ ରାସ୍ତା ପ୍ରଶସ୍ତୀକରଣ ନାମରେ ବ୍ୟାପକ ଗଛ କଟାଯାଇଥିଲା । ଏହି ଗଛ ଗୁଡିକ ନିଲାମ କରାଯାଇଛି କି ନାହିଁ ସେ ନେଇ ସୂଚନା ତଥ୍ୟ ମିଳିନଥିଲା ବେଳେ ବର୍ଷାଦିନ ପୂର୍ବରୁ ସାଲେପୁର-ଛତିଆ ପୂର୍ତ୍ତ ବିଭାଗ ରାସ୍ତାର ଉଭୟ ପାର୍ଶ୍ୱରେ ବ୍ୟାପକ ବୃକ୍ଷରୋପଣ କରାଯିବା ନିମନ୍ତେ ମାହାଙ୍ଗା ଅଂଚଳର ପତ୍ରକାର ତଥା ବୃକ୍ଷପ୍ରେମୀ ବିବେକାନନ୍ଦ ଦାସ ରାଜ୍ୟ ସରକାରଙ୍କ ନିକଟରେ ଦାବି ଜଣାଇଛନ୍ତି ।

# ସୀତାପରି ନାରୀ ବିଶ୍ୱରେ ସୃଷ୍ଟି ହୋଇ ନାହାଁନ୍ତି



ମାହାଙ୍ଗା,(ପି.ଏନ): ମାହାଙ୍ଗା ବ୍ଲକର ଗୋପାଳପୁର ପଂଚାୟତସ୍ଥିତ ପଲ୍ଲୀ ସାଂସ୍କୃତିକ ସାମ୍ମୁଖ୍ୟ କାର୍ଯ୍ୟାଳୟ ପରିସରରେ ସୀତା ନବମୀ ଅବସରରେ ଦ୍ୱିତୀୟ ଭଞ୍ଜ ସାହିତ୍ୟ ସଂସ୍କୃତି ସଂସଦ ଦୁଲାରପୁର, ଗୋପାଳପୁର.କଟକ ପକ୍ଷରୁ ଏକ ଆଲୋଚନାଚକ୍ର ଓ କବିତାପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ପ୍ରାରମ୍ଭରେ ଅତିଥିମାନେ ଜଗନ୍ନାଥଙ୍କ ଫଟୋଚିତ୍ରରେ ଧୂପ ପୁଷ୍ପ ଅର୍ପଣ କରିଥିଲେ । ଜ୍ୟୋତିରଂଜନ ମହାନ୍ତି ଶ୍ଳୋକ ଆବୃତି କରିଥିଲେ । ସଂସଦର ସଭାପତି ବିଦ୍ୟୁଲତା ପ୍ରଧାନଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥି ଭାବେ ପ୍ରାଧ୍ୟାପକ ବିରୂପାକ୍ଷ ରାୟ, ଡ. ଏକାଦଶୀ ପ୍ରଧାନ, ଶିକ୍ଷାବିତ୍ ବ୍ରଜସୁନ୍ଦର ନାୟକ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଶାରଦା ପ୍ରସାଦ ମିଶ୍ର, ଶରତ ଚନ୍ଦ୍ର ମିଶ୍ର, ପାଲା ଗାୟକ ସତ୍ୟାନନ୍ଦ ଦାଶ, ଡ. ନିଖିଳେଶ ମହାନ୍ତି, ଡ. ଜନାର୍ଦ୍ଦନ ରାଉତ, ପରିବେଶବିତ୍ ପ୍ରମୋଦ କୁମାର ଦାଶ, କବି କୁଳମଣି ସାହୁ ପ୍ରମୁଖ ଅଂଶ ଗ୍ରହଣ କରି ଲୀଳା ସହଯୋଗୀ ଜନକ ନନ୍ଦିନୀଙ୍କ ସଂପର୍କରେ ଆଲୋକପାତ କରିବା ସହ ସୀତାପରି ନାରୀ ବିଶ୍ୱରେ ସୃଷ୍ଟି ହୋଇ ନାହାଁନ୍ତି ବୋଲି ମତବ୍ୟକ୍ତ କରିବା ସହ ରାମାୟଣରେ ସୀତାଙ୍କ ଚରିତ୍ର ସଂପର୍କରେ ଆଲୋକପାତ କରିଥିଲେ । ସଂସଦର ଉପଦେଷ୍ଟା ଶ୍ରୀନିବାସ ସାହୁ ଉଦ୍‌ଘାଟନୀ ଭାଷଣ ପ୍ରଦାନ କରିଥିଲେ । ସୀତା ନବମୀ ଉପଲକ୍ଷେ ବକ୍ତାମାନେ ନିଜ ନିଜର ବକ୍ତବ୍ୟରେ ବହୁ ଗୁଢ ତଥ୍ୟ ଉପସ୍ଥାପନ କରିଥିଲେ । ପ୍ରାରମ୍ଭରେ ସଂସଦର ସଂପାଦକ ଗୌତମ ଚରଣ ଜେନା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଡ. ଅଭୟ କୁମାର ରାଉତଙ୍କ ସଂଯୋଜନାରେ ଅନୁଷ୍ଠିତ କବିତାପାଠ ଉତ୍ସବରେ କବି ସର୍ବଶ୍ରୀ ପ୍ରଫୁଲ୍ଲ କୁମାର ସିଂ, ପ୍ରଫୁଲ୍ଲ କୁମାର ସାହୁ, ଦିଲ୍ଲୀପ ଗ୍ରହାଚାର୍ଯ୍ୟ, ଅଧ୍ୟାପକ ସହଦେବ ଜେନା, କବି ରାଜକିଶୋର ମିଶ୍ର, ଖଗେଶ୍ୱର ମହାନ୍ତି, ରାମଚନ୍ଦ୍ର ସାହୁ, କଲ୍ଲୋଳ ମହାନ୍ତି ପ୍ରମୁଖ ସ୍ୱରଚିତ କବିତାପାଠ କରିଥିଲେ । ଏହି ଅବସରରେ ଅତିଥିମାନେ ଡ. ଭାବଗ୍ରାହୀ ରାଉତଙ୍କୁ ଉପଢୌକନ, ପୁଷ୍ପଗୁଚ୍ଛ ଓ ମାନପତ୍ର ପ୍ରଦାନ ପୂର୍ବକ ଦ୍ୱିତୀୟ ଭଞ୍ଜ ସାରସ୍ୱତ ସମ୍ମାନ ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ କୈଳାସ ଚନ୍ଦ୍ର ପ୍ରଧାନ, ଶଶଧର ପ୍ରଧାନ, ବିଚିତ୍ରାନନ୍ଦ ବିଶ୍ୱାଳ, ବିଜୟ କୁଅଁର, ମାନସ କୁମାର ପ୍ରଧାନ, ସ୍ଥାନୀୟ ସରପଂଚଙ୍କ ପ୍ରତିନିଧି ନରହରି ସେଠୀ, ପୂର୍ବତନ ସରପଂଚ ସୁବାଷ ଚନ୍ଦ୍ର ମହାନ୍ତି, ଜୟପ୍ରକାଶ ନାରାୟଣ ସାହୁ, ମନୋଜ ସେଠୀ, ସୁଧାକର ଜେନା, ନମିତା ମଲିକ, ବିଜନବାଳା ପ୍ରଧାନ, ଦୀପ୍ତିମୟୀ ଜେନା, ଆରତୀ ଲେଙ୍କା, ଟିକି ସାମଲ, ସୁରେନ୍ଦ୍ର କୁମାର ମହାନ୍ତିଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିଲେ । ଶେଷରେ କବୟତ୍ରୀ ପ୍ରତିଭା ଦାସ ଧନ୍ୟବାଦ ଅର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ସ୍ଥାନୀୟ ଅଂଚଳର ବହୁ ସାହିତ୍ୟିକ ଲେଖକମାନେ ଯୋଗଦେଇଥିଲେ।

# ଦିଲ୍ଲୀରେ ଓଡିଆଙ୍କ ତରଫରୁ ପଶ୍ଚିମବଙ୍ଗ ରେସିଡେଣ୍ଟ କମିଶନରଙ୍କୁ ଜ୍ଞାପନ ପତ୍ର ପ୍ରଦାନ

ମାହାଙ୍ଗା(ପି.ଏନ): ପଶ୍ଚିମବଙ୍ଗର ଦୀଘାଠାରେ ନବ ନିର୍ମିତ ଜଗନ୍ନାଥ ମନ୍ଦିରକୁ ଜଗନ୍ନାଥ ଧାମ ନାମକରଣ କରାଯିବାକୁ ନେଇ ବିଶ୍ୱବ୍ୟାପୀ ସମସ୍ତ ଜଗନ୍ନାଥ ପ୍ରେମୀଙ୍କ ମନରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଭାରତରେ ଚାରୋଟି ଧାମର ନାମ ବଦ୍ରିନାଥ, କେଦାରନାଥ, ରାମେଶ୍ୱରମ ଓ ପୁରୀର ଜଗନ୍ନାଥ ଧାମ ଅଟେ । ଓଡିଶାର ପୁରୀ ଶ୍ରୀ ଜଗନ୍ନାଥଙ୍କର ଧାମ ବୋଲି ବିଶ୍ୱବିଖ୍ୟାତ । ଲକ୍ଷଲକ୍ଷ ଜଗନ୍ନାଥ ଭକ୍ତ ପ୍ରତ୍ୟେହ ପୁରୀଧାମକୁ ଆସି ଶ୍ରୀଜଗନ୍ନାଥଙ୍କୁ ଦର୍ଶନ କରିଥାଆନ୍ତି । ଜଗନ୍ନାଥ ମହାପ୍ରଭୁଙ୍କ ଶ୍ରୀମନ୍ଦିର ପୁରୀରେ ଅବସ୍ଥିତ । ପୁରୀ ସହିତ ମହାପ୍ରଭୁଙ୍କ ମନ୍ଦିର ସାରା ବିଶ୍ୱରେ ନିର୍ମିତ ହୋଇଛି । ମାତ୍ର ଜଗନ୍ନାଥ ଧାମ କେବଳ ପୁରୀ ଅଟେ । ଦୀଘାରେ ନବ ନିର୍ମିତ ଜଗନ୍ନାଥ ମନ୍ଦିରକୁ ଜଗନ୍ନାଥ ଧାମ ନାମକୁ ବଦଳାଇବା ପାଇଁ ପରାମର୍ଶ ଦେଇ ରାଷ୍ଟ୍ର ରାଜଧାନୀ ଦିଲ୍ଲୀରେ ଆଜି ଏକ ଜ୍ଞାପନ ପତ୍ର ସାମାଜିକ ସଂଗଠନ ଓଡିଶା ପ୍ରାଇଡ୍ ଆବାହନରେ ଅନେକ ଓଡିଆ ସଂଗଠନ ପ୍ରମୁଙ୍କ ଉପସ୍ଥିତିରେ ପଶ୍ଚିମବଙ୍ଗର ରେସିଡେଣ୍ଟ କମିଶନରଙ୍କୁ ପ୍ରଦାନ କରାଯାଇଛି। ଓଡିଶା ପ୍ରାଇଡ୍ ସଂଗଠନର ସଭାପତି ମାନସ ଦାସ, କଳିଙ୍ଗ ଭାରତୀ ଫାଉଣ୍ଡେସନର ସଭାପତି ତଥା ସମାଜସେବୀ ଅକ୍ଷୟ ସାମଲ, ବିଶିଷ୍ଟ ସମାଜସେବୀ ଶଙ୍କର ପ୍ରସାଦ ଜେନା, ୟୁନାଇଡେଟ ଗାଏଜ, ସଂଗଠନ ସରୋଜ ଜେନା, ସମାଜସେବୀ ଦୀପକ ପାତ୍ର, ମହେଶ୍ୱର ପରିଡା, ଜୀବନ ଟ୍ରାଷ୍ଟ ଟ୍ରଷ୍ଟ ସଂଗଠନର ଶ୍ରୀମତୀ ଲିଲି ବେହେରାଙ୍କ ସହିତ ଅନେକ ସ୍ୱାଭିମାନୀ ଓଡିଆ ଉପସ୍ଥିତ ରହି ଦୀଘା ଜଗନ୍ନାଥ ଧାମରୁ ଧାମ ନାମକୁ ହଟାଇବା ଉପରେ ଦୃଢ ମତପ୍ରକାଶ କରିଥିଲେ।

# ଜଳଛତ୍ର ଖୋଲିବା ପାଇଁ ହୋଇଥିବା ଅଭିଯୋଗ ପରେ ବିଡିଓଙ୍କ କାର୍ଯ୍ୟାନୁଷ୍ଠାନ

ମାହାଙ୍ଗା (ପି.ଏନ): ପ୍ରବଳ ଗ୍ରୀଷ୍ମ ପ୍ରବାହ ସମୟରେ ମାହାଙ୍ଗା ଅଂଚଳରେ ଜଳଛତ୍ର ଖୋଲାଯାଉନଥିବା ନେଇ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ ମାହାଙ୍ଗା ଅଂଚଳର ବିକ୍ରମ କେଶରୀ ନାଥ ଜନଶୁଣାଣୀ ପୋର୍ଟାଲର କ୍ରମିକ ସଂଖ୍ୟା ସିଏସ୍ ୨୦୨୫୧୧୬୧୯୬୧ ରେ, ତା. ୧୬.୦୪.୨୦୨୫ ରିଖରେ ଅଭିଯୋଗ କରିଥିଲେ। ଏସଂପର୍କରେ ମାହାଙ୍ଗା ବ୍ଲକ ବିଡିଓଙ୍କୁ ଘଟଣାର ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା । ପଂଚାୟତ ସମିତି କାର୍ଯ୍ୟାଳୟ ମାହାଙ୍ଗା ପତ୍ର ସଂଖ୍ୟା ୪୩୩୫, ତା. ୨୮.୦୪.୨୦୨୫ ରିଖରେ ଅଭିଯୋଗର ତଦନ୍ତ କରି ସମସ୍ତ ପଂଚାୟତ ନିର୍ବାହୀ ଅଧିକାରୀ ଓ ମାହାଙ୍ଗା ସିଡିପିଓଙ୍କୁ ନିୟମାନୁଯାୟୀ କାର୍ଯ୍ୟାନୁଷ୍ଠାନ ପାଇଁ ବିଡିଓ ନିର୍ଦ୍ଦେଶ ଦେଇଥିବା ଜଣାପଡିଛି । ଏହାର ଏକକିତା ନକଲ ମଧ ପରିପତ୍ର ସଂଖ୍ୟା ୪୩୩୬, ତା.୨୮.୦୪.୨୦୨୫ ରିଖରେ ଜିଲ୍ଲାପାଳ କଟକଙ୍କୁ ବ୍ଲକ ବିଡିଓଙ୍କ ତରଫରୁ ପ୍ରଦାନ କରାଯାଇଥିବା ସୂଚନା ମିଳିଛି । ଅପରପକ୍ଷରେ ପ୍ରବଳ ଗ୍ରୀଷ୍ମ ପ୍ରବାହ ହେଉଥିବା ସମୟରେ ମାହାଙ୍ଗା ବ୍ଲକର ୩୭ ଗୋଟି ପଂଚାୟତର ବିଭିନ୍ନ ରାଜସ୍ୱ ଗ୍ରାମରେ ଥିବା ଗାଁ କଲ୍ୟାଣ ସମିତି ତରଫରୁ ଏପର୍ଯ୍ୟନ୍ତ କୌଣସିଠାରେ ଏହାର ଦାୟିତ୍ୱରେ ଥିବା ଅଙ୍ଗନୱାଡି କର୍ମୀମାନେ ଜଳଛତ୍ର ଖୋଲିନଥିବା ସାଧାରଣରେ ଅଭିଯୋଗ ହେଉଛି ।ମାହାଙ୍ଗା ସିଡିପିଓ ତୁରନ୍ତ ଏଥିପ୍ରତି ଦୃଷ୍ଟି ଦେବାକୁ ଦାବି ହେଉଛି । ଜଳଛତ୍ର ନଖୋଲିବା ପଛର କାରଣ ଏବଂ ଏଥିରେ ଅବହେଳା ପ୍ରଦର୍ଶନ କରୁଥିବା ଅଙ୍ଗନୱାଡି କର୍ମୀମାନଙ୍କ ବିରୁଦ୍ଧରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-7510 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-7515, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray